ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Vol.26 . No.269 Bhubaneswar Saturday December 09 2023 | ୨୬ତମ ବର୍ଷ ସଂଖ୍ୟା–୨୬୯ ଭୁବନେଶ୍ବର, ଶନିବାର, ଡିସେମ୍ବର ୦୯, ୨୦୨୩ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS

## ମଦ ଭାଟି ମ୍ୟାନେଜରଙ୍କ ଘରୁ ମିଳିଲା ପୁଳା ପୁଳା ଟଙ୍କା

ଭୁବନେଶ୍ବର,୮।୧୨(ପି.ଏନ): ମଦ ଭାଟି ମ୍ୟାନେଜରଙ୍କ ଘରୁ ମିଳିଲା ପୁଳା ପୁଳା ଟଙ୍କା। ଜବତ ହୋଇଥିବା ଟଙ୍କା ବଲାଙ୍ଗିର ଏସ୍‌ବିଆଇ ମୁଖ୍ୟ ଶାଖାକୁ ନିଆଯାଇଛି। ତେବେ କେତେ ଟଙ୍କା ମିଳିଛି, ତାହା ବର୍ତ୍ତମାନ ସୁଦ୍ଧା ଜଣାପଡି ନାହିଁ। ଗଣତି ପରେ ଟଙ୍କାର ପରିମାଣ ସ୍ପଷ୍ଟ ହେବ। ବର୍ତ୍ତମାନ ସୁଦ୍ଧା ମଦ ବେପାରୀଙ୍କଠାରୁ ୩୦୦ କୋଟିରୁ ଅଧିକ ଟଙ୍କା ଜବତ ହୋଇସାରିଲାଣି। ମଦ ଭାଟି ମାଲିକ ଦୀପକ ସାହୁ ଓ ସଞ୍ଜୟ ସାହୁ ଫେରାର ଅଛନ୍ତି। ସୁଦପଡ଼ାରେ ରହିଥିଲା ବଳଦେବ ଆଣ୍ଡ ସନ୍ସ ପ୍ରାଇଭେଟ ଲିମିଟେଡ୍ ମଦ ଭାଟି। ସେହି ଭାଟିର ମ୍ୟାନେଜର ହେଉଛନ୍ତି ବଣ୍ଟି। ସେ ମଦ ଭାଟିଠାରୁ ଅଳ୍ପ ଦୂରରେ ରହୁଥିଲେ। ଆଜି ରାତି ପ୍ରାୟ ୮ଟା ବେଳେ ଆୟକର ବିଭାଗ(ଓଙ୍ଗ)ର ସ୍ୱତନ୍ତ୍ର ଟିମ୍ ପହଞ୍ଚି ଥିଲେ। ସାଥୀରେ ଥିଲେ ସିଆଇଏସ୍‌ଏଫ୍ ଯବାନ ଓ ଓଡିଶା ପୁଲିସ୍। ଆୟକର ବିଭାଗ ଟିମ୍ ସଦସ୍ୟମାନେ ବଣ୍ଟି ଘର ଭିତରେ ଦୀର୍ଘ ସମୟ ଧରି ଖୋଜାଖୋଜି କରିଥିଲେ। ସେହି ସମୟରେ ସେମାନଙ୍କୁ ବିପୁଳ ପରିମାଣରେ ଟଙ୍କା ମିଳିଥିଲା। ସେହି ଟଙ୍କାକୁ ପିକ୍‌ଅପ୍ ଭ୍ୟାନ୍‌ରେ ଲୋଡ୍ କରାଯାଇ ଏସ୍‌ବିଆଇ ବଲାଙ୍ଗିର ମୁଖ୍ୟ ଶାଖାକୁ ନିଆଯାଇଛି। ଟଙ୍କାକୁ ବ୍ୟାଗ ଓ ପେଟିରେ ଭର୍ତ୍ତି କରାଯାଇଥିବା ଦେଖିବାକୁ ମିଳିଛି। ଗଣତି ପରେ ଘରୁ କେତେ ଟଙ୍କା ମିଳିଲା, ତାହା ଜଣାପଡିବ। ଅନ୍ୟପକ୍ଷରେ ବଣ୍ଟି ଘରୁ ଟଙ୍କା ମିଳିଥିବା ସ୍ୱୀକାର କରିଛନ୍ତି ଆୟକର ବିଭାଗ ଟିମ୍।




## ଟିଏମସି ସାଂସଦ ମହୁଆ ଲୋକସଭାରୁ ବହିଷ୍କୃତ

ଭୁବନେଶ୍ବର,୮।୧୨(ପି.ଏନ): ଲାଞ୍ଚ ନେଇ ପ୍ରଶ୍ନ ପଚାରିବା ଅଭିଯୋଗରେ ଫସିଥିବା ଟିଏମସି ସାଂସଦ ମହୁଆ ମୋଇତ୍ରାଙ୍କୁ ବଡ ଝଟକା। ତାଙ୍କୁ ଲୋକସଭାରୁ ଆଜି ବହିଷ୍କୃତ କରାଯାଇଛି। ଏଥିକୁ କମିଟିର ସୁପାରିସ ଆଧାରରେ ମହୁଆଙ୍କୁ ଲୋକସଭାରୁ ବହିଷ୍କୃତ କରାଯାଇଛି। ଏଥିକୁ କମିଟି ଦେଇଥିବା ରିପୋର୍ଟ ଆଜି ଲୋକସଭାରେ ଆଗତ କରାଯାଇଥିଲା। ଏହାକୁ ବିରୋଧୀ ଦଳର ସଦସ୍ୟମାନେ ବିରୋଧ କରିଥିଲେ।ତଥାପି ଏହା ଉପରେ ଭୋଟ ହୋଇଥିଲା। ଏହାକୁ ବିରୋଧ କରି ଇଣ୍ଡିଆ ମେଣ୍ଟର ସଦସ୍ୟମାନେ କକ୍ଷତ୍ୟାଗ କରିଥିଲେ।

## ୩୦ ଦିନ ଭିତରେ ବଙ୍ଗଳା ଖାଲି କରିବାକୁ ବିଧାୟକ ହୋଇଥିବା ବିଜେପି ସାଂସଦଙ୍କୁ ନିର୍ଦ୍ଦେଶ

ଭୁବନେଶ୍ବର,୮।୧୨(ପି.ଏନ):ନିକଟରେ ଶେଷ ହୋଇଥିବା ବିଧାନସଭା ନିର୍ବାଚନରେ ଜିତିଥିବା ବିଜେପି ସାଂସଦମାନଙ୍କୁ ମାସକ ମଧ୍ୟରେ ନିଜ ନିଜର ସରକାରୀ ବଙ୍ଗଳା ଖାଲି କରିବାକୁ ନିର୍ଦ୍ଦେଶ ମିଳିଛି। ସାଂସଦ ହେବା ପରେ ବିଜେପି ସାଂସଦମାନଙ୍କୁ ଦିଲ୍ଲୀରେ ସରକାରୀ ବଙ୍ଗଳା ମିଳିଥିଲା। କିଛି ସାଂସଦ ନିକଟରେ ଶେଷ ହୋଇଥିବା ବିଧାନସଭା ନିର୍ବାଚନ ଲ? ବିଜୟୀ ହୋଇଛନ୍ତି। କିଛି ମଧ୍ୟ ପରାସ୍ତ ହୋଇଛନ୍ତି। ଯେଉଁମାନେ ବିଧାୟକ ଭାବେ ନିର୍ବାଚିତ ହୋଇଛନ୍ତି ଓ ସେମାନଙ୍କ ଇସ୍ତଫାପତ୍ର ଲୋକସଭା ବାଚ୍‌ସ୍ପତିଙ୍କୁ ପଠାଇ ସାରିଛନ୍ତି, ସେମାନଙ୍କୁ ସରକାରୀ ବଙ୍ଗଳା ତୁରନ୍ତ ଖାଲି କରିବାକୁ କୁହାଯାଇଛି।



## ଷ୍ଟ୍ରେଚ୍‌ରରେ କୋର୍ଟ ଆସିଲେ; ଆଉ ଲୁହ ଭିଜା ଆଖିରେ ବଖାଣିଲେ ବର୍ଷକର ଯନ୍ତ୍ରଣା

ଭୁବନେଶ୍ବର,୮।୧୨(ପି.ଏନ): ସୁଖର ସଉଦା କରିବା ପାଇଁ ବଧୂ ବେଶରେ ଯାଇଥିଲେ ଶାଶୂଘର। ହେଲେ ସମୟ ଚକ୍ରରେ ଛନ୍ଦି ହୋଇ ପଡିଲେ। ସେଥିରୁ ବାହାରିପାରିଲେ ନାହିଁ। ଯେଉଁ ସିନ୍ଦୂରକୁ ସିନ୍ଥିରେ ପିନ୍ଧିବା ପାଇଁ ଜିଦ୍ ଧରିଥିଲେ, ସିଏ ଆଜି ତାଙ୍କୁ ଷ୍ଟ୍ରେଚ୍‌ରରେ ଶୁଆଇଦେଲା। ବର୍ଷକର ଯନ୍ତ୍ରଣାକୁ ଆସି ସିଭିଲ୍ ? କୋର୍ଟରେ ବଖାଣିଲେ ରଶ୍ମୀତା ପାଣିଗ୍ରାହୀ। ଆଉ ସେହି ସକାଳ ଲୋମ ଟାଙ୍କୁରା ଦୃଶ୍ୟକୁ ବଖାଣିଲା ବେଳେ ଗୁଣୁପୁର ସିଭିଲ୍ ଜଜ୍‌ଙ୍କ କୋର୍ଟ ସ୍ତବ୍ଧ ହୋଇଯାଇଥିଲା।ଗୁଣୁପୁର ଜଗନ୍ନାଥ ନଗରର ରଶ୍ମୀତା ପାଣିଗ୍ରାହୀଙ୍କୁ ୨୦୧୫ ମସିହାରେ ବିବାହ କରିଥିଲେ ପଦ୍ମପୁର ଗାଁର ରାମଚନ୍ଦ୍ର ପାଢ଼ୀ। ବୈଦିକ ରୀତିନୀତିରେ ହୋଇଥିଲା ବିହାଘର। ଦାବି ମୁତାବକ ଯୌତୁକ ଦିଆଯାଇଥିଲା। ବାହାଘର ପରେ ବାପଘର ଛାଡି ବଧୂ ବେଶରେ ଶାଶୂ ଘରକୁ ଚାଲିଯାଇଥିଲେ ରଶ୍ମୀତା। ନୂଆକରି ଜୀବନ ଆରମ୍ଭ କଲେ। ବେଶ୍ ହସଖୁସିରେ ଗଡୁଥିଲା ସଂସାର ରଥ। ବାହାଘର ପ୍ରାୟ ଦୁଇ ବର୍ଷ ପରେ ରଶ୍ମୀତାଙ୍କ ହସଖୁସିର ସଂସାରରେ ଲାଗିଲା ନିଆଁ।

## ନୂଆବର୍ଷରୁ ଶ୍ରୀମନ୍ଦିରରେ କଡାକଡି ହେବ ଏହି ସବୁ ନିୟମ

ଭୁବନେଶ୍ବର,୮।୧୨(ପି.ଏନ): ନୂଆବର୍ଷରୁ ଶ୍ରୀମନ୍ଦିରରେ ପାନ, ଗୁଟ୍‌ଖା ସମ୍ପୂର୍ଣ୍ଣ ବନ୍ଦ ରହିବ। ଶାଳୀନତାପୂର୍ଣ୍ଣ ପୋଷାକ ପରିଧାନ ନିୟମ କଡାକଡି ଲାଗୁ ହେବ। ଦିବ୍ୟାଙ୍ଗ ଭକ୍ତଙ୍କ ପାଇଁ ଉତ୍ତର ଦ୍ୱାରରେ ରାମ୍ପ ବ୍ୟବସ୍ଥା ହେବ। ୩୧ ତାରିଖ ରାତିରେ ଆବଶ୍ୟକ ହେଲେ ରାତ୍ର ପହୁଡ ହେବନି। ଶ୍ରୀମନ୍ଦିର ନୀତି ସବ୍ କମିଟି ବୈଠକରେ ଏନେଇ ନିଷ୍ପତ୍ତି ହୋଇଛି। ବୈଠକ ପରେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ରଞ୍ଜନ ଦାସ ଏହି ସୂଚନା ଦେଇଛନ୍ତି।ଆଜି ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟରେ ନୀତି ସବ୍ କମିଟି ବୈଠକ ବସିଥିଲା। ଏଥିରେ ଆସନ୍ତା ୧୬ରୁ ଜାନୁଆରୀ ୧୪ ତାରିଖ ପର୍ଯ୍ୟନ୍ତ ହେବାକୁ ଥିବା ଶ୍ରୀଜୀଉଙ୍କ ପହିଲି ଭୋଗ ନୀତି ସମ୍ପର୍କରେ ଆଲୋଚନା ହୋଇଥିଲା। ଏହାଛଡା ୧୫ ତାରିଖରେ ପଡୁଥିବା ଧନୁ ସଂକ୍ରାନ୍ତି ଓ ଜାନୁଆରୀ ୨୫ ତାରିଖରେ ହେବାକୁ ଥିବା ଦେବାଭିଷେକ ନୀତି ସମ୍ପର୍କରେ ଆଲୋଚନା କରାଯାଇ ନୀତି ନିର୍ଘଣ୍ଟ ଚୂଡାନ୍ତ ହୋଇଥିଲା।




## କାର୍‌ରେ ପିଟି ହୋଇ ୨ ବାଇକ୍ ଆରୋହୀ ଗୁରୁତର



ଧର୍ମଶାଳା,୮।୧୨(ପିଏନ୍): ଧର୍ମଶାଳା ଥାନା ୧୬ନମ୍ବର ଜାତୀୟ ରାଜପଥର ରଥିଆ ଛକରେ ଆଜି ଦିନ ପ୍ରାୟ ୧.୩୦ରେ ଏକ କାର୍‌ରେ ପିଟି ହୋଇ ୨ଜଣ ବାଇକ୍ ଆରୋହୀ ଗୁରୁତର ଆହତ ହୋଇଛନ୍ତି । ଆହତଦ୍ୱୟଙ୍କୁ ଆମ୍ବୁଲାନ୍‌ସରେ କଟକ ପଠାଇ ଦିଆଯାଇଛି । ପ୍ରକାଶ ଯେ, କଟକରୁ ପାଣିକୋଇଲି ଆଡ଼େ ଯାଉଥିବା ସୁଇଫ୍ଟ କାର୍ ରଥିଆ ଛକରେ ହଠାତ୍ ଏକ ହୋଟେଲ ଆଡ଼େ ମୁହାଁଇଥିଲା । ଏହି ସମୟରେ ପଛରୁ ଆସୁଥିବା ଏକ ୟାମାହା ବାଇକ୍ ଭାରସାମ୍ୟ ହରାଇ କାର୍‌ରେ ପିଟି ହୋଇ ଯାଇଥିଲା । ବାଇକ୍‌ରେ ଯାଉଥିବା ୨ଜଣ ଯୁବକ ଗୁରୁତର ଆହତ ହୋଇଥିଲେ । ତୁରନ୍ତ ଉଭୟଙ୍କୁ ଏକ ଆମ୍ବୁଲାନ୍‌ସରେ କଟକ ସ୍ଥାନାନ୍ତର କରାଯାଇଛି । ଆହତଦ୍ୱୟଙ୍କ ପରିଚୟ ଜଣାପଡ଼ିନାହିଁ। ପୁଲିସ୍ ଦୁର୍ଘଟଣାଗ୍ରସ୍ତ ଗାଡ଼ି ଦୁଇଟିକୁ ଜବତ କରି ଘଟଣାର ତଦନ୍ତ କରୁଛି ।

## ଓଡିଶାରୁ ଶହଶହ କୋଟି ମିଳିବା ଘଟଣା: କଡାଗଣ୍ଡା ଆଦାୟ ହେବ କହିଲେ ମୋଦି

ଭୁବନେଶ୍ବର,୮।୧୨(ପି.ଏନ): ଝାରଖଣ୍ଡରୁ ରାଜ୍ୟସଭାକୁ ଯାଇଥିବା ସାଂସଦ ଧୀରଜ ସାହୁଙ୍କ ୧୦ ଠିକଣାରେ ଆୟକର ରେଡ ଜାରି ରହିଛି। ଓଡିଶାର ବିଭିନ୍ନ ସ୍ଥାନରେ ଆୟକର ବିଭାଗ ରେଡ୍ କହି ଶହଶହ କୋଟି ଟଙ୍କା ଜବତ କରି ସାରିଲାଣି। ଝାଡଖଣ୍ଡର ସାହୁ ଫ୍ୟାମିଲି ମାଲିକାନାରେ ଥିବା ବୌଦ୍ଧ ଡିଷ୍ଟିଲେରୀ ଓ ଅନ୍ୟାନ୍ୟ କମ୍ପାନୀ ଉପରେ ଆୟକର ଚଢ଼ଉରୁ ଆଖି ଖୋସି ହୋଇଯିବା ଭଳି ନଗଦ ଟଙ୍କା ମିଳିଛି।ବଲାଙ୍ଗିରର ସୁଦପଡା ଦେଶୀ ମଦ ଭାଟିରୁ ବୁଧବାର ପ୍ରାୟ ନଗଦ ୨୦୦କୋଟି ଟଙ୍କା ଆୟକର ବିଭାଗ ଜବତ କରିଥିଲା। ସେହିପରି ଗୁରୁବାର ଆଉ ୫୦ରୁ ୬୦କୋଟି ଟଙ୍କା ଜବତ ହୋଇଛି। ତେବେ ଓଡିଶାରେ ଗ୍ରେନ୍ ବେସଡ୍ (ଶସ୍ୟ ଆଧାରିତ) ମଦ ପ୍ରସ୍ତୁତ କରୁଥିବା ଏକମାତ୍ର କମ୍ପାନୀ ବୌଦ୍ଧ ଡିଷ୍ଟିଲେରୀ କିଭଳି ଏତେ କମ୍ ସମୟ ମଧ୍ୟରେ କୋଟି କୋଟି ଟଙ୍କା ଠୁଳ କରିଛି ତାହା ଏବେ ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି।





## ଧର୍ମଶାଳାରେ ୧୨ଟି ପ୍ରକଳ୍ପର ମାରାଥନ୍ ଶିଳାନ୍ୟାସ

ଧର୍ମଶାଳା,୮।୧୨(ପିଏନ୍): ଯାଜପୁର ପୂର୍ତ୍ତ ବିଭାଗ ପକ୍ଷରୁ ଧର୍ମଶାଳା ନିର୍ବାଚନ ମଣ୍ଡଳୀର ବିଭିନ୍ନ ସ୍ଥାନରେ ୧୬୧କୋଟି ୮୩ଲକ୍ଷ ୪୦ହଜାର ଟଙ୍କା ବ୍ୟୟ ଅଟକଳରେ ଆଜି ୧୨ଟି ପ୍ରକଳ୍ପର ଶିଳାନ୍ୟାସ ହୋଇଛି । ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବ'ରାୟ ମୁଖ୍ୟଅତିଥି ଭାବେ ଯୋଗଦେଇ ୧୨ଟି ରାସ୍ତା ପ୍ରଶସ୍ତିକରଣ କାର୍ଯ୍ୟର ଭିତିପ୍ରସ୍ତର ସ୍ଥାପନ କରିଥିଲେ । ଏସବୁ ରାସ୍ତାର ପ୍ରଶସ୍ତିକରଣ କାମ ଶେଷ ହେଲେ ଧର୍ମଶାଳା ସମେତ ପଡ଼ୋଶୀ ନିର୍ବାଚନ ମଣ୍ଡଳୀର ଲକ୍ଷାଧିକ ଜନସାଧାରଣଙ୍କ ଗମନାଗମନରେ ସୁବିଧା ହୋଇପାରିବ ବୋଲି ବିଧାୟକ ଶ୍ରୀ ବଳବ'ରାୟ ସୂଚନା ଦେଇଥିଲେ । ଏହି ଅବସରରେ ବିଧାୟକ ୨୨କୋଟି ୩୯ଲକ୍ଷ ଟଙ୍କା ବ୍ୟୟ ଅଟକଳରେ ନେଉଳପୁର-ହରିଦାସପୁର ରାସ୍ତା, ୨୨କୋଟି ୨୦ଲକ୍ଷରେ ବେଦପୁର-ଜନକ ରାସ୍ତା, ୧୮କୋଟି ୪୨ଲକ୍ଷରେ ଧର୍ମଶାଳା-କାଏମା ରାସ୍ତା, ୧୮କୋଟି ୨୯ଲକ୍ଷରେ କୁଆଖିଆ-ଜେନାପୁର ରାସ୍ତା, ୧୭କୋଟି ୪୦ଲକ୍ଷରେ ଧର୍ମଶାଳା-କବାଟବନ୍ଧ ରାସ୍ତା, ୧୫କୋଟି ୧୭ଲକ୍ଷରେ ବଡକାଏମା-ନରସିଂହପୁର ରାସ୍ତା, ୧୪କୋଟି ୬୪ଲକ୍ଷରେ ଧର୍ମଶାଳା ବାଇପାସ ରାସ୍ତା, ୯କୋଟି ୯୫ଲକ୍ଷରେ କେଜିବିଡିବି ରାସ୍ତା, ୮କୋଟି ୭୬ଲକ୍ଷରେ କବାଟବନ୍ଧ-ମୁରୀପଡ଼ା ରାସ୍ତା, ୭କୋଟି ୬୬ଲକ୍ଷରେ ବାରବାଟି-ସିଂହାପୁର ରାସ୍ତା, ୩କୋଟି ୯୮ଲକ୍ଷରେ ନାକପୋଲ-ମାଣ୍ଡିଆ ରାସ୍ତା ଓ ୨କୋଟି ୯୧ଲକ୍ଷ ଟଙ୍କା ବ୍ୟୟ ବରାଦରେ ନେଉଳପୁର-ହରିଦାସପୁର ରାସ୍ତାର ଶିଳାନ୍ୟାସ କରିଥିଲେ । ଏହି କାର୍ଯ୍ୟକ୍ରମରେ ଧର୍ମଶାଳା ବ୍ଲକ୍ ଅଧ୍ୟକ୍ଷ ପ୍ରଭାତ କୁମାର ବଳବ'ରାୟ, ରସୁଲପୁର ଅଧ୍ୟକ୍ଷ ଅରୁଣ କୁମାର ରାଉତ, ଜିଲ୍ଲା ପରିଷଦ ସଭ୍ୟ ଜଳଧର ମହାନ୍ତି, ସୁଧାଂଶୁ ଶେଖର ସାହୁ, ଚକ୍ରଧର ବେହେରା, ପ୍ରଣତି ଲେଙ୍କା, ସ୍ମୃତିରେଖା ବେହେରା, ବିଜେଡ଼ି ନେତା ଶରତ ଚନ୍ଦ୍ର ନାୟକ, ବିଜୟ କୁମାର ନାୟକ, ଗଜେନ୍ଦ୍ର ବେହେରା, ପ୍ରଫୁଲ୍ଲ କୁମାର ପ୍ରଧାନ, ଯୁବନେତା ଅକ୍ଷୟ କୁମାର ନାୟକ, ଗୌତମ ସାହୁ, ଇଂ କ୍ଷୀତିଶ୍ କୁମାର ମହାନ୍ତି, ପ୍ରଦ୍ୟୁମ୍ନ କେଶରୀ ମହାନ୍ତି, ପ୍ରତାପ କୁମାର ପ୍ରଧାନ, ମନୋଜ ଦାସ, ମାନସ ମହାନ୍ତି, ସ୍ଥାନୀୟ ଅଂଚଳର ସରପଂଚ ଓ ସମିତିସଭ୍ୟ ଯୋଗ ଦେଇଥିଲେ । ଉକ୍ତ କାର୍ଯ୍ୟକ୍ରମକୁ ପୂର୍ତ୍ତ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ପୂର୍ଣ୍ଣଚନ୍ଦ୍ର ଦଳାଇ, ସହକାରୀ ନିର୍ବାହୀ ଯନ୍ତ୍ରୀ ନରୋତମ ଦାସ ଓ ସହକାରୀ ଯନ୍ତ୍ରୀ ବିରେନ୍ ବସୁ ପରିଚାଳନା କରିଥିଲେ ।



## ପବିତ୍ର ମୋହନ ପ୍ରଧାନ ହସ୍ପିଟାଲକୁ ତୁରନ୍ତ ମେଡିକାଲ କଲେଜ କରିବା ପାଇଁ ଆବଶ୍ୟକ ପଦକ୍ଷେପ ନିଅନ୍ତୁ ରାଜ୍ୟ ସରକାର: ଧର୍ମେନ୍ଦ୍ର ପ୍ରଧାନ

ନୂଆଦିଲ୍ଲୀ/ଭୁବନେଶ୍ବର, ୮।୧୨(ପି.ଏନ): ଅନୁଗୋଳ ଜିଲ୍ଲା ତାଳଚେରରେ ଭାରତ ସରକାରଙ୍କ ଖର୍ଚ୍ଚରେ ନିର୍ମିତ ହୋଇଥିବା ନୂତନ ମେଡିକାଲ ତଥା ସ୍ୱାଧୀନତା ସଂଗ୍ରାମୀ ଓ ଓଡ଼ିଶାର ପୂର୍ବତନ ଉପମୁଖ୍ୟମନ୍ତ୍ରୀ ପବିତ୍ର ମୋହନ ପ୍ରଧାନଙ୍କ ନାମରେ ନାମିତ ହସ୍ପିଟାଲଟି ପ୍ରଥମ ଦିନରୁ ହସ୍ପିଟାଲ ସହ ମେଡିକାଲ କଲେଜ ଭାବରେ ଶୁଭାରମ୍ଭ ହୋଇଥିଲେ ଭଲ ହୋଇଥା'ନ୍ତା । ଏହା ସ୍ଥାନୀୟ ଲୋକଙ୍କ ଅପେକ୍ଷା ଥିଲା । ରାଜ୍ୟ ସରକାର ଅବିଳମ୍ବେ ପବିତ୍ର ମୋହନ ପ୍ରଧାନ ହସ୍ପିଟାଲକୁ ତୁରନ୍ତ ମେଡିକାଲ କଲେଜ କରିବା ପାଇଁ ଆବଶ୍ୟକ ପଦକ୍ଷେପ ନେବାକୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ପ୍ରସ୍ତାବ ଦେଇଛନ୍ତି କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଓ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ । ତାଳଚେର ସ୍ଥିତ ପବିତ୍ର ମୋହନ ପ୍ରଧାନ ହସ୍ପିଟାଲର ଶୁଭାରମ୍ଭ କାର୍ଯ୍ୟକ୍ରମରେ ନୂଆଦିଲ୍ଲୀରୁ ଭିଡିଓ କନଫରେନ୍ସରେ ସାମିଲ ହୋଇ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ଏହି ପ୍ରସ୍ତାବ ଦେବା ସହ କହିଛନ୍ତି ଯେ ଆଜିର ଦିନ ଆମ ସମସ୍ତଙ୍କ ପାଇଁ ବିଶେଷ ଭାବରେ ଅନୁଗୋଳ ଓ ତାଳଚେରବାସୀଙ୍କ ପାଇଁ ସ୍ମରଣୀୟ ହୋଇ ରହିବ । ସମସ୍ତଙ୍କ ପ୍ରେରଣାର ସ୍ରୋତ ପବିତ୍ର ମୋହନ ପ୍ରଧାନଙ୍କ ନାଁରେ ମେଡିକାଲ ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ହୋଇଛି । ତେବେ ଏହି ହସ୍ପିଟାଲଟି ପ୍ରାରମ୍ଭରୁ ହସ୍ପିଟାଲ ସହ ମେଡିକାଲ କଲେଜ ନାଁରେ ହୋଇଥିଲେ ଭଲ ହୋଇଥାନ୍ତା । ଓଡ଼ିଶା ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ଏଥିପାଇଁ ତୁରନ୍ତ ଦରଖାସ୍ତ ରୁହନ୍ତୁ । ନ୍ୟାସନାଲ ମେଡିକାଲ କମିଶନର ମାଧ୍ୟମରେ ଯଥାଶୀଘ୍ର ପବିତ୍ର ମୋହନ ମେଡିକାଲ କଲେଜ ଏବଂ ହସ୍ପିଟାଲ କରାଇଲେ ହିଁ ଉଚିତ୍ ରହିବ । ସରକାର ଆପ୍ଲିକେସନ ପଠାଇବା ପାଇଁ ବିଳମ୍ବ କରନ୍ତୁ ନାହିଁ । କେବଳ ମେଡିକାଲ କହିଲେ ଲୋକଙ୍କ ଅପେକ୍ଷା ପୂରଣ ହେବ ନାହିଁ । ଶ୍ରୀ ପ୍ରଧାନ କହିଛନ୍ତି ଯେ, ଲୋକଙ୍କୁ ଉତ୍ତମ ସ୍ୱାସ୍ଥ୍ୟସେବା ପ୍ରଦାନ ଦିଗରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ମାର୍ଗଦର୍ଶନରେ ଏମସିଏଲ ସହଯୋଗରେ ଏହି ହସ୍ପିଟାଲ ନିର୍ମିତ ହୋଇଛି । ଏହି ହସ୍ପିଟାଲ ପାଇଁ ୨୦୧୫ ସେପ୍‌ଟେମ୍ବର ୦୩ରେ ମୁଖ୍ୟମନ୍ତ୍ରୀ ଓ ତତ୍କାଳୀନ କେନ୍ଦ୍ର କୋଇଲା ଓ ଖଣି ମନ୍ତ୍ରୀ ପିୟୁଷ ଗୋଏଲଙ୍କ ଉପସ୍ଥିତିରେ କେନ୍ଦ୍ରୀୟ ରାଷ୍ଟ୍ରାୟତ୍ତ ଉଦ୍ୟୋଗ ଏମସିଏଲ ଓ କୋଲ ଇଣ୍ଡିଆ ଦ୍ୱାରା ଭୂମିପୂଜନ ଓ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଥିଲା । ସେତେବେଳେ ସେଠାରେ ଅବସ୍ଥିତ ପୁରୁଣା ହସ୍ପିଟାଲରେ ୧୦୦ ବେଡ୍ ଥିବାବେଳେ ଏମସିଏଲ ପକ୍ଷରୁ ୫୦୦ କୋଟି ଟଙ୍କା ଖର୍ଚ୍ଚ କରାଯାଇ ଏହାକୁ ୩୩୦ ବେଡ୍ ସଂଖ୍ୟା ପର୍ଯ୍ୟନ୍ତ ବଢାଯାଇଥିଲା ଏବଂ ଅନ୍ୟାନ୍ୟ ଭିତ୍ତିଭୂମିର ସୁବିଧା କରାଯାଇଥିଲା । ୨୦୧୯ ମାର୍ଚ୍ଚ ୫ରେ ମେଡ଼ିକାଲ କଲେଜର ନୂତନ ଭବନ ପ୍ରାୟ ୧୦ ଏକର ପରିମିତି ଜମିରେ ପ୍ରାୟ ୫୦୦ କୋଟି ଟଙ୍କା ବ୍ୟୟରେ ପ୍ରସ୍ତାବିତ ମହାନଦୀ ଇନଷ୍ଟିଚ୍ୟୁଟ୍ ଅଫ୍ ମେଡ଼ିକାଲ ସାଇନ୍ସ ଏଣ୍ଡ ରିସର୍ଚ୍ଚ(ମିମସାର)ର ଉଦଘାଟନ କରାଯାଇଥିଲା । ପରେ ଏମଏସିଏଲ ପକ୍ଷରୁ ମେଡିକାଲକୁ ଚଳାଇବା ପାଇଁ ୫ ବର୍ଷ ପର୍ଯ୍ୟନ୍ତ ଅତିରିକ୍ତ ପ୍ରାୟ ୬୨୮ କୋଟି ଟଙ୍କାର ଆର୍ଥିକ ସହାୟତା ଦେବା ପାଇଁ ରାଜ୍ୟ ସରକାରଙ୍କ ଯେଉଁ ଦାବି ଥିଲା, ତାକୁ ଏମସିଏଲ ଦ୍ୱାରା ମଧ୍ୟ ପୂରଣ କରାଯାଇଥିଲା। ଅର୍ଥାତ୍ ଭାରତ ସରକାର ତଥା ଏମସିଏଲ ପୁରୁଣା ମେଡିକାଲ କଲେଜର ଅପଗ୍ରେଡେସନ ପାଇଁ ୫୦୦ କୋଟି, ଲୋକାର୍ପିତ ନୂଆ ମେଡିକାଲ କଲେଜ ପାଇଁ ୫୦୦ କୋଟି ଓ ମେଡିକାଲକୁ ୫ ବର୍ଷ ପର୍ଯ୍ୟନ୍ତ ଚଳାଇବା ପାଇଁ ପ୍ରାୟ ୬୨୮ କୋଟି ଟଙ୍କା ଅର୍ଥାତ୍ ସର୍ବମୋଟ ୧୬୨୮ କୋଟିରୁ ଅଧିକ ଟଙ୍କା ଭାରତ ସରକାରଙ୍କ କୋଇଲା ମନ୍ତ୍ରଣାଳୟ ଖର୍ଚ୍ଚ କରିଛି । ନରେନ୍ଦ୍ର ମୋଦିଙ୍କ ସରକାର ପଞ୍ଚଦଶ ଅର୍ଥ କମିଶନରେ ସ୍ୱାସ୍ଥ୍ୟ ସୁବିଧା ସମ୍ପ୍ରସାରଣ ପାଇଁ ଓଡିଶାର ଗ୍ରାମୀଣ ସ୍ୱାସ୍ଥ୍ୟ ସୁବିଧା ପାଇଁ ପ୍ରାୟ ୧୮୮୨ କୋଟି ଟଙ୍କା, ଜାତୀୟ ସ୍ୱାସ୍ଥ୍ୟ ମିଶନରେ ଓଡିଶାକୁ ୫୦୦୯ କୋଟି ଟଙ୍କା, ଆୟୁଷ୍ମାନ ଭାରତ ଆରୋଗ୍ୟ ମନ୍ଦିର, ପ୍ରଧାନମନ୍ତ୍ରୀ ଜନ ଔଷଧି କେନ୍ଦ୍ର,ମିଶନ ଇନ୍ଦ୍ରଧନୁଷରେ ଆର୍ଥିକ ସୁବିଧା ଓ ସହଯୋଗ ଯୋଗାଇ ଦେଉଛନ୍ତି । ରାଜ୍ୟରେ ୭ଟି ମେଡିକାଲ କଲେଜର ସିଂହ ଭାଗ ପଇସା ମୋଦି ସରକାର ଦେଇଛନ୍ତି । ଏହାବ୍ୟତିତ ସୁନ୍ଦରଗଡରେ ଏନଟିପିସି ଦ୍ୱାରା ଓ ରାଉରକେଲାରେ ସେଲ୍ ଦ୍ୱାରା ସୁପର ହସ୍ପିଟାଲ ତଥା ମେଡିକାଲ କଲେଜ ହସ୍ପିଟାଲ ନିର୍ମାଣ କରି ଭାରତ ସରକାର ସ୍ୱାସ୍ଥ୍ୟସେବାରେ ବଡ ଭୂମିକା ନେଇଛନ୍ତି । କରୋନା ସମୟରେ ଏମସିଏଲ ଓଡ଼ିଶାର ତାଳଚେର, ଝାରସୁଗୁଡା, ଭୁବନେଶ୍ବର ସମେତ ଅନେକ ସ୍ଥାନରେ ୩୩୦ କୋଟି ଟଙ୍କା ଖର୍ଚ୍ଚ କରି ସ୍ୱାସ୍ଥ୍ୟ ସମସ୍ୟାକୁ ସୁଧାରିବାରେ ବଡ ଦାୟିତ୍ୱ ନେଇଥିଲା । କେନ୍ଦ୍ରମନ୍ତ୍ରୀ କହିଛନ୍ତି ଯେ ମୋଦି ସରକାରଙ୍କ ନୀତି ତଥା ସଂସ୍କାର କାରଣରୁ ଅନୁଗୋଳରେ କୋଇଲା ଉତ୍ପାଦନ ବଢିବା ସହ ଓଡ଼ିଶା ସମେତ ସମଗ୍ର ଭାରତବର୍ଷର ଅର୍ଥନୀତି ମଜଭୁତ୍ ହେଉଛି । ଖଣି ସମୃଦ୍ଧ ଅଞ୍ଚଳ ଅନୁଗୋଳ ଗତ ୯ ବର୍ଷରେ ଓଡ଼ିଶାକୁ ୬୦ ହଜାର କୋଟି ଟଙ୍କା ରାଜସ୍ୱ ଆକାରରେ ଦେଇଛି । ଜିଲ୍ଲାର ବିକାଶକୁ ତ୍ୱରାନ୍ୱିତ କରିବା ସହ ଜନସାଧାରଣଙ୍କୁ ଅଧିକରୁ ଅଧିକ ସୁବିଧା ଦେବା ପାଇଁ ଆମ ସମସ୍ତଙ୍କର ଦାୟିତ୍ୱ ରହିଛି । ମୋଦି ସରକାର ଡିଏମଏଫର ବ୍ୟବସ୍ଥା ଦେଇଛନ୍ତି । ଓଡିଶାକୁ ଜିଲ୍ଲା ଖଣିଜ ପାଣ୍ଠି ଦ୍ୱାରା ଏଯାବତ ମୋଟ ୨୩,୧୨୦ କୋଟି ଟଙ୍କାର ଅନୁଦାନ ମିଳିପାରିଛି । ଅନୁଗୁଳ ଜିଲ୍ଲା ପାଇଁ ଡିଏମଏଫରେ ଏଯାବତ ୨୫୦୦ କୋଟି ଟଙ୍କା ସଂଗ୍ରହ ହୋଇଛି । ଅନୁଗୋଳ ଜିଲ୍ଲାର ଲୋକଙ୍କ ପାଇଁ ପିଇବା ପାଣି, ସ୍ୱାସ୍ଥ୍ୟ ସୁବିଧା ସହ ପାଠପଢା ଓ ମୌଳିକ ସୁବିଧାର ବ୍ୟବସ୍ଥା କରିଛନ୍ତି ମୋଦି ସରକାର । ଆଗାମୀ ୨୫ ବର୍ଷରେ ବିକଶିତ ଭାରତ ପାଇଁ ମୋଦି କଳ୍ପନା କରିଛନ୍ତି । କଂଗ୍ରେସ ସରକାର ଶେଷ ୧୦ ବର୍ଷରେ ୩ ଲକ୍ଷ କୋଟି ଟଙ୍କାର ଦାୟିତ୍ୱ ନେଇଥିବା ବେଳେ ମୋଦି ସରକାର ଏବେ ସୁଦ୍ଧା ଓଡ଼ିଶା ପ୍ରତି ୧୮ ଲକ୍ଷ କୋଟି ଟଙ୍କାର ଦାୟିତ୍ୱ ନେଇଛନ୍ତି ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି ।ଏହି କାର୍ଯ୍ୟକ୍ରମରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ, କେନ୍ଦ୍ର ସଂସଦୀୟ ବ୍ୟାପାର, କୋଇଲା ଓ ଖଣି ମନ୍ତ୍ରୀ ପ୍ରହ୍ଲାଦ ଯୋଶୀ ଏବଂ ଓଡ଼ିଶା ସରକାର ଓ କୋଇଲା ଓ ଖଣି ମନ୍ତ୍ରୀ ମନ୍ତ୍ରଣାଳୟର ବରିଷ୍ଠ ଅଧିକାରୀମାନେ ସାମିଲ ହୋଇଥିଲେ ।



## ସଂସଦରେ କିସ୍‌ର ଭୂୟସୀ ପ୍ରଶଂସା



ଭୁବନେଶ୍ବର, ୮।୧୨(ପି.ଏନ): ବିଶ୍ୱର ସର୍ବବୃହତ ଜନଜାତି ଆବାସିକ ଅନୁଷ୍ଠାନ କଳିଙ୍ଗ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସୋସିଆଲ୍ ସାଇନ୍‌ସେସ୍ (କିସ୍) ସଂସଦରେ ପୁଣି ଥରେ ଉଚ୍ଚ ପ୍ରଶଂସିତ ହୋଇଛି। ଗୁରୁବାର ଲୋକସଭାରେ ତେଲେଙ୍ଗାନାରେ କେନ୍ଦ୍ରୀୟ ଜନଜାତି ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ବିଧେୟକ ଆଗତ ସମୟରେ ଓଡ଼ିଶାରେ ମୁକ୍ତ ଶିକ୍ଷା ପାଇଁ ବିଶ୍ୱରେ ପ୍ରସିଦ୍ଧି ଲାଭ କରିଥିବା କିସ୍ ମଡେଲର ଉଦାହରଣ ଦିଆଯିବା ସହ ଏହାର ଉଚ୍ଚ ପ୍ରଶଂସା କରାଯାଇଥିଲା। ଏହି ବିଧେୟକ ଉପରେ ଆଲୋଚନା ସମୟରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କଠାରୁ ଆରମ୍ଭ କରି ସାଂସଦ ଚନ୍ଦ୍ର ଶେଖର ସାହୁ, ଅଧିର ରଞ୍ଜନ ଚୌଧୁରୀ ଓ ରାଜୀବ ପ୍ରତାପ ରୁଡ଼ି ପ୍ରମୁଖ ଜନଜାତି ଶିକ୍ଷା ପାଇଁ କିସ୍‌ର ଉଦାହରଣ ଦେଇ ଏହାର ଉଚ୍ଚ ପ୍ରଶଂସା କରିଥିଲେ। ଲୋକସଭାରେ ସାଂସଦଗଣ ତେଲେଙ୍ଗାନାରେ କେନ୍ଦ୍ରୀୟ ଜନଜାତି ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ବିଧେୟକ ଆଲୋଚନାରେ ଭାଗନେଇ ଜନଜାତି ଶିକ୍ଷାରେ ବ୍ୟାପକ ସଂସ୍କାର ଓ ବିକାଶ ଆଣିଥିବା ଶିକ୍ଷାବିତ୍ ଓ ସମାଜସେବୀ ତଥା ଲୋକସଭା ସାଂସଦ ଅଚ୍ୟୁତ ସାମନ୍ତଙ୍କ ପ୍ରତିଷ୍ଠିତ କିସ୍‌ର ଉଦାହରଣ ଦିଆଯିବା ସହ ଏହାର ଭୂୟସୀ ପ୍ରଶଂସା କରାଯାଇଥିଲା। କିସ୍‌ରେ ଖାଇବା, ରହିବା, ପୋଷାକ, ସ୍ୱାସ୍ଥ୍ୟସେବା, ଧନ୍ଦାମୂଳକ ତାଲିମ ସହ ୪୦ ହଜାରରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀଙ୍କୁ କିପରି ନିଶୁଳ୍କ ଶିକ୍ଷା ଦିଆଯାଇ ସେମାନଙ୍କୁ ସଶକ୍ତ କରାଯାଉଛି ସେ ସମ୍ପର୍କରେ ସଦସ୍ୟମାନେ ଉଦାହରଣ ଦେଇଥିଲେ। ଏହା ପୂର୍ବରୁ ବାଚସ୍ପତି ଓମ୍ ବିର୍ଲା ୨୦୧୯ରେ କିସ୍ ପରିଦର୍ଶନ କରିବା ପରେ ସଂସଦରେ କିସ୍ ଓ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ପ୍ରଶଂସା କରିଥିଲେ।

### ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ' ୮ ତାରିଖ ସଂସ୍କରଣଟି ପ୍ରକାଶ ପାଇ ପାରିନଥିଲା। ଏହି ଅନିଚ୍ଛାକୃତ ତ୍ରୁଟି ପାଇଁ ଆମେ ଦୁଃଖିତ।

–ପ୍ରକାଶକ








# ଟି ଟାଇମ୍

## ଭୂତଙ୍କ ମେଳା

ମେଳା ତ ଅନେକ ରହିଥାଏ। ମେଳାକୁ ଆକର୍ଷଣୀୟ କରିବା ପାଇଁ କେତେକ ସ୍ଥାନରେ ଗୋରୁଗାଈ ତ ଆଉ କେଉଁଠି କଣ୍ଢେଇ, ଖେଳନାମାନ ବିକ୍ରି କରାଯାଇଥାଏ। ହେଲେ ଭୂତମାନଙ୍କୁ ନେଇ କେବେ କୌଣସି ମେଳା ହେଉଥିବା ବିଷୟରେ ଶୁଣିଛନ୍ତି। କିନ୍ତୁ ଏପରି ଏକ ମେଳା ମିର୍ଜାପୁରର କୋହରୋରାର ବରହି ଗ୍ରାମରେ ବେଚୁବୀର ବାବାଙ୍କ ସମାଧି ଉପରେ ହୋଇଥାଏ। ଏହି ମେଳାରେ ଭୂତ, ପ୍ରେତ ଏବଂ ଡାହାଣୀମାନଙ୍କର ମେଳା ହୋଇଥାଏ। ଅନ୍ଧବିଶ୍ୱାସ ସହିତ ଜଡ଼ିତ ଏହି ମେଳାରେ ଭୂତ-ପ୍ରେତଙ୍କ ପ୍ରକୋପରୁ ଲୋକମାନଙ୍କୁ ମୁକ୍ତି ଦିଆଯାଇଥାଏ। ଅନ୍ଧବିଶ୍ୱାସର ଏ ସମସ୍ତ ଖେଳ ସ୍ଥାନୀୟ ପୋଲିସ କର୍ମଚାରୀମାନଙ୍କ ସାମ୍ନାରେ ହୋଇଥାଏ। ଏହି ମେଳା ୩୫୦ବର୍ଷରୁ ହୋଇଆସିଲାଣି। ଅନ୍ଧବିଶ୍ୱାସର ଏହି ମେଳାରେ ଅଭିଯୋଗ ନେଇ ମଣିଷମାନେ ଆସିଥାନ୍ତି। ଯଦି କୌଣସି ବ୍ୟକ୍ତିଙ୍କ ଉପରେ ଭୂତ କିମ୍ବା ପ୍ରେତଙ୍କର ପ୍ରଭାବ ରହିଥାଏ ତେବେ ତାଙ୍କୁ ଏହି ସଂକଟରୁ କେବଳ ବେଚୁବିର ବାବା ହିଁ ମୁକ୍ତ କରିପାରିବେ। ଏଠାକୁ ଅନେକ ଦୂର ଦୂରାନ୍ତରୁ ଲୋକମାନେ ଚିକିତ୍ସା କରିବା ପାଇଁ ଆସିଥାନ୍ତି। ବେଚୁ ବାବାଙ୍କ ସମାଧିର ଦେଖାଶୁଣା ତାଙ୍କର ଏହି ଛଅ ବଶଂଜ କରିଥାନ୍ତି। ଏଠାରେ ଭୂତ-ପ୍ରେତଙ୍କ ବ୍ୟତୀତ ନିଃସନ୍ତାନ ଲୋକମାନେ ମଧ୍ୟ ଆସିଥାନ୍ତି।

## ୧୦୬୮ଟଙ୍କାର କିଟ୍‌କାଟ୍

ଯଦି ଆପଣ ଚକୋଲେଟ୍ ଖାଇବାର ସୌଖୀନ୍ ତେବେ ଆପଣଙ୍କ ପାଇଁ ଏକ ବଡ଼ ଖୁସି ଖବର। ପ୍ରସିଦ୍ଧ କମ୍ପାନୀ ନେସ୍‌ଲେ ଜାପାନରେ ଗୋଟିଏ ନୂଆ ପ୍ରଡ଼କ୍ଟ ଲଞ୍ଚ କରିଛନ୍ତି । ଏହି ପ୍ରଡ଼କ୍ଟ ହେଉଛି ଗୋଟିଏ ଚକୋଲେଟ୍। କିନ୍ତୁ ଏହା ଏକ ସାଧାରଣ ଚକୋଲେଟ୍ ନୁହେଁ। ସୁନାରେ ପ୍ରସ୍ତୁତ ଚକୋଲେଟ୍। ନେସ୍‌ଲେ ଏହି ଚକୋଲେଟ୍‌ର ଉତ୍ପାଦନ କମ୍ପାନୀର ଚକଲେଟ୍ରୀ ବୁଟିକ୍ ପାଇଁ କରିଛନ୍ତି । ଏହାକୁ ଖାଇବା ଯୋଗ୍ୟ କରିବା ପାଇଁ ସେଥିରେ ସୁନାରେ ପତଳା କୋର୍ଟ ଦିଆଯାଇଛି । ଏବେ ଚକୋଲେଟ୍‌କୁ ୱାନ୍ ଫିଙ୍ଗର କିଟ୍‌କାଟ୍ ଚକୋଲେଟ୍ ଆକାରରେ ଲଞ୍ଚ କରାଯାଇଛି । ମିଳିଥିବା ସୂଚନା ଅନୁଯାୟୀ କମ୍ପାନୀ ଡିସେମ୍ବରର ଶେଷ ଆଡ଼କୁ ୫୦୦ ଚକୋଲେଟ୍‌କୁ ଜାପାନ୍‌ର ୮ଟି କିଟ୍‌କାଟ୍ ବୁଟିକ୍‌ରେ ବିକ୍ରି କରିବେ



। ସୁନାର ପରସ୍ତ ପଡ଼ିଥିବା ଏହି ଚକୋଲେଟ୍‌ର ଜାପାନ ମୂଲ୍ୟ ୨,୦୧୬ୟେନ୍(୧୬ଡଲାର) ଦାମରେ ବିକ୍ରି କରାଯିବ । ଯାହାର ଭାରତୀୟ ମୂଲ୍ୟ ୧.୦୬୮ଟଙ୍କା ହେବ । ଜାପାନରେ ନେସଲେ ୩୦ପ୍ରକାରର କିଟ୍‌କାଟ୍ ବିକ୍ରି କରିଥାଏ ।

## ଖରିଫ୍ ଧାନ ସଂଗ୍ରହ ପାଇଁ ଚାଷୀ ନାମପଂଜୀକରଣରେ ୧୩ ପ୍ରତିଶତ ବୃଦ୍ଧି

ଭୁବନେଶ୍ୱର,(ପିଏନ)-୨୦୨୦-୨୧ ଖରିଫ୍ ବିପଣନ ଋତୁରେ ମୂଲ୍ୟ ସହାୟକ ଯୋଜନାରେ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ଚାଷୀ ନାମ ପଂଜୀକରଣ ଗତବର୍ଷ ତୁଳନାରେ ଉଲ୍ଲେଖନୀୟ ୧୩ ପ୍ରତିଶତ ବୃଦ୍ଧି ପାଇଛି । ୨୦୨୦-୨୧ ଖରିଫ୍ ଧାନ ସଂଗ୍ରହ ପାଇଁ ଅଦ୍ୟାବଧି ମୋଟ ୧୪ ଲକ୍ଷ ୨ ହଜାର ୨୦୫ ଜଣ ଚାଷୀ ଅନ୍ ଲାଇନ୍ ଜରିଆରେ ସେମାନଙ୍କ ନାମ ପଂଜୀକରଣ କରିଛନ୍ତି। ଗତବର୍ଷ ୨୦୧୯-୨୦ ଖରିଫ୍ ଧାନ ନିମନ୍ତେ ୧୨ ଲକ୍ଷ ୩୫ ହଜାର ୯୦୮ ଜଣ ଚାଷୀ ନାମ ପଂଜୀକରଣ କରିଥିଲେ ।
କୋଭିଡ୍-୧୯ ସ୍ଥିତିରେ ସରକାରଙ୍କ ସମସ୍ତ ମାର୍ଗଦର୍ଶିକା ଓ ସାମାଜିକ ଦୂରତ୍ୱ ଅନୁପାଳନ କରି ବିଭାଗ ଦ୍ୱାରା ପ୍ୟାକ୍ସ ଓ ଲ୍ୟାମ୍ପସ୍ ମାଧ୍ୟମରେ ଚାଷୀ ନାମ ପଂଜୀକରଣ କାର୍ଯ୍ୟ ସୁରୁଖୁରୁରେ କରାଯାଇପାରିଛି ଏବଂ ଗତବର୍ଷ ତୁଳନାରେ ୧ ଲକ୍ଷ ୬୬ ହଜାର ୨୯୭ ଜଣ ଅଧିକ ଚାଷୀ ସେମାନଙ୍କ ଖରିଫ୍ ଧାନ ବିକିବା ନିମନ୍ତେ ନାମ ପଂଜୀକରଣ କରିଥିବାରୁ ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ସମସ୍ତ କୃଷକ ଭାଇ ଏବଂ ବିଭାଗୀୟ ଅଧିକାରୀ ଓ କର୍ମଚାରୀଙ୍କୁ ସାଧୁବାଦ ଜଣାଇଛନ୍ତି। ରାଜ୍ୟର ୩୦ଟି ଜିଲ୍ଲାରେ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ୨୮୫୨ଟି ପ୍ୟାକ୍ସ ଜରିଆରେ ନାମ ପଂଜୀକରଣ କାର୍ଯ୍ୟ କରାଯାଉଛି। ୨୦୨୦-୨୧ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ରାଜ୍ୟର ପ୍ରାୟ ପ୍ରତିଟି ଜିଲ୍ଲାରେ ଗତବର୍ଷ ତୁଳନାରେ ନାମ ପଂଜୀକରଣ ସଂଖ୍ୟା ବୃଦ୍ଧି ପାଇଥିବାବେଳେ ନୂଆପଡ଼ା ଜିଲ୍ଲାରେ ଉଲ୍ଲେଖନୀୟ ୩୫ ପ୍ରତିଶତ ବୃଦ୍ଧିପାଇଛି। ଏତଦ୍ ବ୍ୟତୀତ ବଲାଙ୍ଗୀର ଓ ଯାଜପୁର ଜିଲ୍ଲାରେ ୨୯ ପ୍ରତିଶତ ବୃଦ୍ଧି ପାଇଥିବାବେଳେ ମୟୂରଭଞ୍ଜ ଜିଲ୍ଲାରେ ୨୮ ପ୍ରତିଶତ, ଝାରସୁଗୁଡ଼ାରେ ୨୩ ପ୍ରତିଶତ, ଦେବଗଡ଼ରେ ୨୨ ପ୍ରତିଶତ, ଭଦ୍ରଖରେ ୨୦ ପ୍ରତିଶତ, ଢେଙ୍କାନାଳରେ ୧୯ ପ୍ରତିଶତ, ଅନୁଗୋଳ, ଜଗତସିଂହପୁର ଓ କୋରାପୁଟରେ ୧୮ ପ୍ରତିଶତ ଲେଖାଏଁ ନାମ ପଂଜୀକରଣ ବୃଦ୍ଧି ପାଇଛି। ସେହିପରି କଟକ ଜିଲ୍ଲାରେ ଚାଷୀ ନାମ ପଂଜୀକରଣ ୧୭ ପ୍ରତିଶତ, ସମ୍ବଲପୁରରେ ୧୬ ପ୍ରତିଶତ, ବାଲେଶ୍ୱର ୧୫ ପ୍ରତିଶତ, ବରଗଡ଼ରେ ୧୫ ପ୍ରତିଶତ ଏବଂ ସୁନ୍ଦରଗଡ଼ରେ ୧୩ ପ୍ରତିଶତ ବୃଦ୍ଧି ପାଇଛି।

## ପୁରାଣ କାହାଣୀ

## ହଜିଯାଇଥିବା ଜିନିଷ ଖୋଜି ଆଣିବ ସୁଦର୍ଶନ ଚକ୍ର



ଜୀବନରେ କୌଣସି ଜିନିଷ ହଜିଯିବା, କେଉଁଠି ରଖି ଭୁଲିଯିବା, ହଜିଯାଇଥିବା ଜିନିଷ ଖୋଜିଲେ ନ ମିଳିବା ଆଦି ସମସ୍ୟା ସ୍ୱାଭାବିକ୍ ଭାବେ ଘଟିଥାଏ । ଯାହା ମନକୁ ଭାରାକ୍ରାନ୍ତ କରିଦିଏ। ଏଭଳି ପରିସ୍ଥିତିରେ କାର୍ତ୍ତବିର୍ଯାର୍ଜୁନ୍ ରାଜା ଯିଏ ହେୟ ବଂଶର ତଥା ଭଗବାନ ବିଷ୍ଣୁଙ୍କ ସୁଦର୍ଶନ ଚକ୍ରର ଅବତାର ବୋଲି କୁହାଯାଇଥାଏ। ତାଙ୍କର ସାଧନା କରିବା ଦ୍ୱାରା ଏହି ସବୁ ସମସ୍ୟାରୁ ତୁରନ୍ତ ମୁକ୍ତି ମିଳିଥାଏ। ପୁରାଣରେ ବର୍ଣ୍ଣିତ ହୋଇଛି ଯେ ସୁଦର୍ଶନ ଚକ୍ର ଯେ କୌଣସି ଦିଗକୁ ଯାଇ ହଜିଥିବା ଜିନିଷ ଖୋଜି ଆଣିବାରେ ସାହାଯ୍ୟ କରିଥାଏ। ଏହାର ସାଧନା ପାଇଁ ଦୀପ ଜଳାଇ ପୂର୍ବ ଅଥବା ଉତ୍ତର ଦିଗ ପଟକୁ ମୁହଁ କରି ବସନ୍ତୁ। ହଜିଯାଇଥିବା ଜିନିଷକୁ ଭାବନାରେ ଆଣି ଭଗବାନ ବିଷ୍ଣୁଙ୍କର ସୁଦର୍ଶନ ରୂପକୁ ସ୍ମରଣ କରି ଧ୍ୟାନ କରନ୍ତୁ ।

## ନ୍ୟୁଡ ସେଲଫି ବଦଳରେ ମିଳୁଛି ଋଣ

ବେଙ୍କିଂ ସାଧାରଣତଃ ଋଣ ପ୍ରଦାନ ସମୟରେ ବ୍ୟାଙ୍କ କର୍ତ୍ତୃପକ୍ଷ ଘର କିମ୍ବା ଜମି ପଟ୍ଟାକୁ ବନ୍ଧକ ରଖିଥାନ୍ତି। ହେଲେ ଚୀନର ଏକ ବ୍ୟାଙ୍କ ଗ୍ୟାରେଣ୍ଟି ବାବଦରେ ଝିଅଙ୍କ ଅଶ୍ଳୀଳ ଫଟୋକୁ ଗ୍ରହଣ କରୁଛି। ସର୍ତ୍ତ ରହିଛି ଯଦି ସଠିକ ସମୟରେ ଋଣ ପରିଶୋଧ କରାନଯାଏ ତେବେ ଏହି ଫଟୋକୁ ସାର୍ବଜନୀନ କରାଯିବ। ଚୀନରେ ଜିଏଦାଇବାଓ ନାମକ ଏକ କମ୍ପାନୀ ଲୋକଙ୍କୁ ବ୍ୟବସାୟ ଏବଂ ଆବଶ୍ୟକୀୟ ସାମଗ୍ରି କ୍ରୟ ପାଇଁ ଅନଲାଇନରେ ଋଣ ପ୍ରଦାନ କରୁଛି। ତେବେ ଋଣ ପାଇଁ ଗ୍ୟାରେଣ୍ଟର ଭାବେ ଝିଅ



ପିଲାଙ୍କୁ ଅନଲାଇନରେ ନ୍ୟୁଡ ଫଟୋ ଦେବାକୁ କୁହାଯାଉଛି। ଏଥିରେ ଝିଅମାନେ ନିଜ ପରିଚୟ ପତ୍ର ସହ ଫଟୋ ଦେଉଛନ୍ତି। କୁହାଯାଇଛି ଯେ ଯଦି ସଠିକ ସମୟରେ ଋଣ ଅର୍ଥ ପୈଠ ନହୁଏ ତେବେ ଏହି ଫଟୋ ପରିବାର ଏବଂ ପରିଚିତ ଲୋକମାନଙ୍କୁ ପଠାଇବା ସହ ସୋସିଆଲ ସାଇଟରେ ମଧ୍ୟ ସେୟାର କରାଯିବ। କମ୍ପାନୀଟି ୩୦% ସାପ୍ତାହିକ ସୁଧରେ ଏହି ଅର୍ଥ ଆବଶ୍ୟକୀୟ ଲୋକଙ୍କୁ ପ୍ରଦାନ କରୁଛି। ମିଳିଥିବା ସୂଚନା ଅନୁସାରେ ଏହି କମ୍ପାନୀଟି ଅଦ୍ୟାବଧି ୧୬୦ଜଣ ଝିଅଙ୍କ ଫଟୋକୁ ସୋସିଆଲ ସାଇଟରେ ଛାଡି ସାରିଲେଣି। ଘଟଣାକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ଆରମ୍ଭ ହୋଇଥିଲା ବେଳେ କମ୍ପାନୀକୁ ବନ୍ଦ କରିବା ପାଇଁ ଦାବି ତେଜିଲାଣି।

## ଖାତାକୁ ଆସିଲା ୩୧କୋଟି, ଗହଣା ଏବଂ କପଡ଼ା ପାଇଁ କରିଦେଲେ ଖର୍ଚ୍ଚ

ସିଡନୀ ଭାରତରେ ନୋଟରଦ୍ଦ ନିଷ୍ପତ୍ତି କାରଣରୁ ଅନେକ କଳାଧନକୁ ଧଳା କରିବା ପାଇଁ ଅନ୍ୟମାନଙ୍କ ଆକାଉଣ୍ଟରେ ଅର୍ଥ ଜମା କରୁଥିବା ଘଟଣା ଏବେ ଦେଖିବାକୁ ମିଳୁଛି। ସେହିପରି ଭୁଲରେ ମଧ୍ୟ ବ୍ୟାଙ୍କ





ଅଧିକାରୀମାନେ ଜଣଙ୍କ ସ୍ଥାନରେ ଅନ୍ୟଜଣଙ୍କ ଆକାଉଣ୍ଟରେ ଟଙ୍କା ଜମା କରିଦେଉଛନ୍ତି। ବ୍ୟାଙ୍କର ଏହି ତ୍ରୁଟି ଯୋଗୁ ଜଣେ ଛାତ୍ରଙ୍କୁ କୋର୍ଟର ଚକ୍କର କାଟିବାକୁ ପଡିଛି। ମାମଲାଟି ୨୦୧୨ ମସିହାର। ବ୍ୟାଙ୍କ ପକ୍ଷରୁ ଭୁଲରେ ମାଲେସିଆର ଜଣେ ୨୧ବର୍ଷୀୟ ଛାତ୍ରୀ କ୍ରିଷ୍ଟିନାଙ୍କ ଖାତାକୁ ଆସିଥିଲା ୩୧କୋଟି ଟଙ୍କା। ୨୦୧୪ ଜୁଲାଇ ମାସରେ ଏ ସମ୍ପର୍କରେ କ୍ରିଷ୍ଟିନା ଜାଣିପାରିଥିଲେ। ପରେ ଏହି ଟଙ୍କାରେ ସେ ଗହଣା,ପ୍ରଶାଧନ ସାମଗ୍ରିଓ ଅନ୍ୟାନ୍ୟ ଅତ୍ୟାବଶ୍ୟକ ଜିନିଷ କ୍ରୟ କରିଥିଲେ। ଏପରିକି ଗୋଟିଏ ଦିନ ସେ ଦେଢକୋଟି ଟଙ୍କାର କିଣାବିକା କରିଥିଲେ। ଗତବର୍ଷ ଏହି ତ୍ରୁଟି ସମ୍ପର୍କରେ ବ୍ୟାଙ୍କ କର୍ତ୍ତୃପକ୍ଷ ଅବଗତ ହେବାପରେ କ୍ରିଷ୍ଟିନାଙ୍କୁ ଫୋନ କରି ତୁରନ୍ତ ଟଙ୍କା ଫେରାଇବା ପାଇଁ ଅନୁରୋଧ କରିଥିଲେ। ହେଲେ କ୍ରିଷ୍ଟିନା କହିଥିଲେ ଯେ ମୁଁ ଭାବିଥିଲି ଏହି ଟଙ୍କା ମୋତେ ମୋ ବାପା ପଠାଇଛନ୍ତି। ପରେ ଘଟଣାଟି କୋର୍ଟରେ ପହଞ୍ଚିଥିଲା। ଗତ ମଙ୍ଗଳବାର ଦିନ ଡାଉନିଂ ସେଣ୍ଟର କୋର୍ଟରେ କ୍ରିଷ୍ଟିନା ଉପସ୍ଥିତ ହୋଇ ନିଜ ଯୁକ୍ତି ରଖିଥିଲେ। ପରେ ଏହି ମାମଲାରେ କୋର୍ଟ ତାଙ୍କୁ ସମ୍ମାନର ସହ ମୁକ୍ତି କରିଛି।

## ସନ୍ତାନ ଓ ଚାକିରି ଛାଡ଼ି ଆଇଏସ ବିରୋଧରେ ବନ୍ଧୁକ ଉଠାଇଲେ ମହିଳା

ସିରିୟାର ବେବିଲୋନିଆ ତାଙ୍କର ଦୁଇ ସନ୍ତାନ



ଓ ହେୟାର ଡ୍ରେସର ଚାକିରି ଛାଡି ଦୁର୍ଦ୍ଧର୍ଷ ଆତଙ୍କବାଦୀ ସଂଗଠନ ଆଇଏସଆଇଏସ ବିରୋଧରେ ବନ୍ଧୁକ ଉଠାଇଛନ୍ତି। ସେ ଆଇଏସ ବିରୋଧରେ ଲଢୁଥିବା ଖ୍ରୀଷ୍ଟିଆନ ଫିମେଲ ପ୍ରୋଟେକସନ ଗ୍ରୁପରେ ସାମିଲ ହୋଇଛନ୍ତି। ୩୬ ବର୍ଷୀୟା ବେବିଲୋନିଆ ସିରିୟାର ଉତ୍ତର-ପୂର୍ବରେ ହଶକାହ ପ୍ରଦେଶରେ ଖ୍ରୀଷ୍ଟିଆନ ସଂଖ୍ୟାଲଘୁ ସଂପ୍ରଦାୟର ମହିଳା। ଏହି ଗ୍ରୁପରେ ୫୦ ମହିଳା ଅଛନ୍ତି ଏବଂ ଏମାନଙ୍କ ପ୍ରଶିକ୍ଷଣ ଶିବିର ସିରିୟାର ଅଲ-କହତନିଏ ସହରରେ ରହିଛି। ବେବିଲୋନିଆ କହିଛନ୍ତି ପିଲାଙ୍କ ଭବିଷ୍ୟକୁ ସୁରକ୍ଷିତ କରିବା ପାଇଁ ସେ ଆଇଏସଆଇଏସ ବିରୋଧରେ ଅସ୍ତ୍ର ଉଠାଇଛନ୍ତି। ସିରିୟାରେ ୮୯ହଜାର ଖ୍ରୀଷ୍ଟିଆନ ବସବାସ କରୁଥିଲେ ହେଁ ଆଇଏସ ଆତଙ୍କବାଦୀଙ୍କ ଭୟରେ ଏମାନଙ୍କ ସଂଖ୍ୟା ଦ୍ରୁତ ହ୍ରାସ ପାଉଛି।

## ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ସୁନ୍ଦର ଆଖି

ମଣିଷ ଶରୀରରେ ଆଖି ହେଉଛି ସବୁଠାରୁ ସୁନ୍ଦର ଭାଗ । ଯାହା ଆପଣଙ୍କ ସୁନ୍ଦରତାକୁ ଆହୁରି ବଢାଇ ଦେଇଥାଏ । ଯଦି ଆପଣ ଆପଣଙ୍କ ଆଖିକୁ ସୁନ୍ଦର କରିବାକୁ ଚାହାନ୍ତି ତେବେ, ସ୍ମୋକି ଆଇଜ୍ ପାଇଁ ସର୍ବଦା ଗ୍ରେ ଏବଂ କଳା ରଙ୍ଗର ଆଇସ୍ୟାଡୋର ମିଶ୍ରଣକୁ କଳା ସହିତ ଲଗାନ୍ତୁ । ଏଥିପାଇଁ ସର୍ବପ୍ରଥମେ ଆଇବ୍ରୋର ତଳ ଭାଗରେ ରହିଥିବା ହାଡରୁ ଟିକେ ତଳକୁ ଆଖିପତାରେ ଗ୍ରେ ରଙ୍ଗର ଆଇସ୍ୟାଡେ ଲଗାନ୍ତୁ । ଏହାପରେ ଆଖିର ତଳ ଏବଂ ଉପର ଦୁଇ ଭାଗରେ କଳା ଲଗାନ୍ତୁ । ଏହା ଆଖିର ସୁନ୍ଦରତା ବଢେଇ ଦେଇଥାଏ ।

## କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ହାନିକାରକ

ଆପଣଙ୍କ ଶରୀର ପାଇଁ କ୍ଷତିକାରୀ ସାବ୍ୟସ୍ତ ହୋଇପାରେ। ନିକଟରେ କରାଯାଇଥିବା ଏକ ଗବେଷଣାରୁ ଜଣାଯାଇଛି କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ଓ ଲୁଣ ପ୍ରତିକ୍ରିୟା କରି ଏଭଳି ଏକ ହାନିକାରକ ରସାୟନ ନିର୍ମାଣ କରୁଛନ୍ତି, ଯାହା ଆପଣଙ୍କୁ ଡାକ୍ତରଖାନାରେ ପହଞ୍ଚାଇଦେବ। ଗବେଷକମାନେ ଅନେକ ଅଣୁମାନଙ୍କର ସନ୍ଧାନ କରିଛନ୍ତି, ଯାହା ସମ୍ପୂର୍ଣ୍ଣ ନୂଆ ଓ କ୍ଲୋରାମିନ୍ ଯୁକ୍ତ ପାଣି ଓ ଖାଦ୍ୟରେ ଥିବା ଆୟୋଡ଼ିନ୍ ଯୁକ୍ତ ଲୁଣ ମଧ୍ୟରେ



ପ୍ରତିକ୍ରିୟାରୁ ସୃଷ୍ଟି ହୋଇଛନ୍ତି। ପାଣିକୁ ସ୍ୱଚ୍ଛ କରିବା ପାଇଁ ସେଥିରେ କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍ସର ଅଣୁ ମିଶାଯାଇଥାଏ। ଗବେଷକଙ୍କ ମତରେ ପାଇପ୍ ପାଣିରେ ଉପସ୍ଥିତ ଥିବା କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍ସ ଆୟୋଡ଼ିନ୍ ଲୁଣ ସହ ପ୍ରତିକ୍ରିୟା କରି ହାଇପୋଆୟୋଡ଼ସ୍ ଏସିଡ଼ ନିର୍ମାଣ କରିଥାଏ। ଯାହା ସାଧାରଣତଃ ହାନିକାରକ ନୁହେଁ। କିନ୍ତୁ ଯେତେବେଳେ ଏସିଡ଼ ଖାଦ୍ୟ ରାନ୍ଧିବା ସମୟରେ ପାଇପ୍ ପାଣିରେ ଉପସ୍ଥିତ ଅଣୁ ଓ ଅନ୍ୟ କାର୍ବନିକ୍ ପଦାର୍ଥ ସହିତ ପ୍ରତିକ୍ରିୟା କରିଥାଏ। ସେତେବେଳେ ସେଥିରେ ହାନିକାରକ ଆୟୋଡ଼ିନ୍ ଯୁକ୍ତ ଜୀବାଣୁ ନାଶକ ତିଆରି ହୋଇଥାଏ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ ।



ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ ।




# ଜଗତସିଂହପୁର ସାବରମତି ଅଳକାଶ୍ରମର ଆତ୍ମକଥା

**ହିମାଂଶୁଶେଖର ଆର୍ଯ୍ୟ**

ମୁଁ ଅଳକାଶ୍ରମ କହୁଛି। ମୁଁ କାଳେ ଜାତିର ପିତା ମହାତ୍ମାଗାନ୍ଧିଙ୍କ ହାତଗଢା ଅନୁଷ୍ଠାନ



ସାବରମତି ବୋଲି ଜଗତସିଂହପୁରବାସୀ କୁହନ୍ତି। ସାରା ରାଇଜରେ ମଧ ମୋର ଭାରି ଖ୍ୟାତି କାହିଁରେ କଣ? ଇତିମଧ୍ୟରେ ମୋର ପ୍ରତିଷ୍ଠା ହେବାର ୧୦୦ ବର୍ଷ ପୂରଣ ହୋଇଛି। ଏହି ଶହେ ବର୍ଷ ଭିତରେ ମୋତେ କିଏ କେତେ ମନେପକାଇଛି ବା ନପକାଇଛି ତାର ହିସାବ ମୋ ପାଖରେ ନାହିଁ। ମୁଁ କାଳେ ମୁକ୍ତିସଂଗ୍ରାମର ମହାନ ପୀଠ ଥିଲି। ଅନେକ



ମୁକ୍ତିସଂଗ୍ରାମୀ ଏଠି ବସାଉଠା କରୁଥିଲେ। ସ୍ୱାଧୀନତା ସଂଗ୍ରାମ ପାଇଁ ଖସଡା ପ୍ରସ୍ତୁତ କରୁଥିଲେ। ସେତେବେଳେ ମୋ ପରିସର ଭାରି ଚଳଚଞ୍ଚଳ ଥିଲା। ୧୯୨୨ ମସିହା ଶ୍ରୀପଞ୍ଚମୀରେ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ କରକମଳରେ ଜଗତସିଂହପୁର ସ୍ଥିତ ଅଳକା ନଦୀ କୂଳରେ ମୋର ଉଦ୍‌ଘାଟନ ହୋଇଥିଲା। ତା' ପରଠୁ ଏହି ଆଶ୍ରମ ଅନେକ ଶୀର୍ଷ ନେତୃତ୍ୱଙ୍କ କର୍ମଭୂମି ଥିଲା। ଅଳକା ଆଶ୍ରମ ଶତବାର୍ଷିକୀ ଆୟୋଜନ କମିଟି ଦ୍ୱାରା ମୋର ଶତବାର୍ଷିକୀ ସମାରୋହ ବର୍ଷବ୍ୟାପୀ ପାଳନ କରିବା ପାଇଁ ସ୍ଥିର ହୋଇଛି। ଏହା ଖୁସିର କଥା। କିନ୍ତୁ ମୋର ସ୍ଥିତି ଏବେବି ବିବଦମାନ ହୋଇ ରହିଛି। ସେଥିପାଇଁ ମୋର ଦୁଃଖ। ଆୟୋଜକମାନଙ୍କ ମଧ୍ୟରେ ମଧ ତାଳମେଳର ଅଭାବ। ଯାହା ପ୍ରକୃତ ଉଦ୍ଦେଶ୍ୟ ସାଧନ ହେବାରେ ବାଧକ ହୋଇଛି। ତଥାପି "ନାହିଁ ମାମୁଁଠାରୁ କଣାମାମୁଁ ଭଲ" ନ୍ୟାୟରେ ଏପରି ଆୟୋଜନ ମୋତେ ଟିକେ ଆଶ୍ୱସ୍ତ କରିଛି।


ମୁକ୍ତିସଂଗ୍ରାମର ଅନ୍ତୁଡିଶାଳ ଥିଲି ମୁଁ। ଗୁଜରାଟର ସାବରମତୀ ଆଶ୍ରମ ପରି ମୋର ଭୂମିକା ମଧ କୌଣସି ଗୁଣରେ କମ୍ ନଥିଲା। ଏହାହିଁ ମୋର ଆତ୍ମତୃପ୍ତି। ହେଲେ ସେତେବେଳର ଯେଉଁ ସ୍ୱାଧୀନତା ସଂଗ୍ରାମୀମାନେ ନିଜର ତ୍ୟାଗ, ତିତିକ୍ଷା ଓ ସେବା ବଳରେ ଦେଶକୁ କେବଳ ସ୍ୱାଧୀନତାର ସ୍ୱାଦ ଚଖାଇ ନଥିଲେ ବରଂ ସେମାନେ ଉତ୍ତରପିଢି ପାଇଁ ଯେଉଁ ଆଦର୍ଶର ଛାପ ଛାଡିଯାଇଛନ୍ତି ତାହା ସବୁଦିନ ପାଇଁ ସ୍ମରଣୀୟ ହୋଇ ରହିବ। ଆଜିର ଉତ୍ତରପିଢି ସେମାନଙ୍କ କଥା ଓ ଗାଥାକୁ କେତେ ହୃଦୟଙ୍ଗମ କରିଛନ୍ତି ବା ସେହିଭଳି ହେବାକୁ ଉଦ୍ୟମ କରୁଛନ୍ତି ତାର ଉତ୍ତର ମୋ ପାଖରେ ନାହିଁ। ସେମାନଙ୍କର ଦାୟାଦ ହିସାବରେ ଆମେ ତାଙ୍କ ସ୍ମୃତିକୁ ସାଇତି ରଖିବା, ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେବା ଓ ଭବିଷ୍ୟତ ପିଢିକୁ ସେହି ବାଟରେ ଆଗେଇ ନେବା ପାଇଁ ଭିତ୍ତିଭୂମି ପ୍ରସ୍ତୁତ କରିବାର ସମୟ ଆସିଛି। କୁହାଯାଏ ଆଦର୍ଶର ମୃତ୍ୟୁ ନଥାଏ। କାରଣ ସ୍ମୃତି ସବୁବେଳେ ଅପାଶୋରା।

ପୁଣି ଟିକେ ପଛକୁ ଫେରୁଛି। ୧୯୨୧ ମସିହାର କଥା, ମହାତ୍ମା ଗାନ୍ଧୀଙ୍କ ଅସହଯୋଗ ଆନ୍ଦୋଳନର ଡାକରା ସମଗ୍ର ଦେଶରେ ଚହଳ ସୃଷ୍ଟି କରିଥିଲା। ଓଡ଼ିଶାରେ ମଧ ଏହି ଆନ୍ଦୋଳନ ଜୋର ଧରିଥାଏ। ଏହି ଅସହଯୋଗ ଆନ୍ଦୋଳନକୁ ସମର୍ଥନ ଜଣାଇ ଯେଉଁ ସ୍କୁଲ କଲେଜ ଛାତ୍ରମାନେ ଅଧାରୁ ପାଠ ଛାଡିଦେଇ ସ୍ୱାଧିନତା ସଂଗ୍ରାମୀ ହୋଇଥିଲେ ସେମାନଙ୍କୁ ତାଲିମ ଦେବାପାଇଁ ବିଭିନ୍ନ ସ୍ଥାନରେ ଆଶ୍ରମ ଓ ଜାତୀୟ ବିଦ୍ୟାଳୟମାନ ପ୍ରତିଷ୍ଠା କରାଗଲା। ସେଥିମଧ୍ୟରୁ 'ଅଳକାଶ୍ରମ' ଥିଲା ଅନ୍ୟତମ। ଜଗତସିଂହପୁରଠାରେ ମାଛଗାଁ ମୁଖ୍ୟ କେନାଲର ଦକ୍ଷିଣ ପାର୍ଶ୍ୱ ଓ ମୃତ ଅଳକା ନଈର ଉତ୍ତରପାର୍ଶ୍ୱରେ ଥିବା ସୋମନାଥ ହାଟକୁ ଲାଗି ପ୍ରଶସ୍ତ ଓ ବିସ୍ତୃତ ଆମ୍ବତୋଟାରେ ଆରମ୍ଭ ହୋଇଥିଲା। ଏଥିପାଇଁ ଜମି ଦାନ କରିଥିଲେ ଝଟ୍ରା ଗ୍ରାମର ଭାଗିରଥୀ ମହାପାତ୍ର ଓ ବଂଶୀଧର




ପଟ୍ଟନାୟକ। ଡେପୁଟି କଲେକ୍ଟର ଋକିରି ଛାଡିଥିବା ଗୋପବନ୍ଧୁ ଚୌଧୁରୀ ହୋଇଥିଲେ ଅଳକାଶ୍ରମର ତତ୍ତ୍ୱାବଧାରକ।

ଏଇଠି ପୁଣି ମନକୁ ଆସୁଛି ଜଗତସିଂହପୁରର ଚୌଧୁରୀ ପରିବାରର କଥା। ଚୌଧୁରୀ ପରିବାରର ବଡପୁଅ ଗୋପବନ୍ଧୁ ଚୌଧୁରୀ। ଏକାଧାରରେ ସେ ଥିଲେ ସ୍ୱାଧୀନତା ସଂଗ୍ରାମୀ, ସ୍ୱାଧୀନଚେତା ମଣିଷ,



ଧୂଳିମାଟିର ସନ୍ଥ, ଖଟିଖିଆ ମେହନତି ମଣିଷର ସୁଖଦୁଃଖର ବନ୍ଧୁ ଓ ସର୍ବୋପରି ଗାନ୍ଧିବାଦୀ ନେତା। ବାଲ୍ୟକାଳରୁ ବାପା ଗୋକୁଳାନନ୍ଦ ଚୌଧୁରୀ ଓ ଉତ୍କଳଗୌରବ ମଧୁସୂଦନ ଦାସଙ୍କର ଜୀବନାଦର୍ଶ ତାଙ୍କୁ ବେଶ୍ ପ୍ରଭାବିତ କରିଥିଲା। ସୌଭାଗ୍ୟକୁ ସେ ଏମିତି ଏକ ପରିବାରରେ ଜନ୍ମ ନେଇଥିଲେ ଯେଉଁଠି ପ୍ରବାହିତ ହେଉଥିଲା ସ୍ୱାଧୀନତା ସଂଗ୍ରାମର ଆବହାୱା। ପରବର୍ତ୍ତୀ ପର୍ଯ୍ୟାୟରେ ଏହି ପରିବାରରୁ ନିଜର ସହଧର୍ମିଣୀ ରମାଦେବୀ, ସାନଭାଇ ନବକୃଷ୍ଣ ଚୌଧୁରୀ, ଭାଇବୋହୂ ମାଳତୀ ଚୌଧୁରୀ, ପୁଅ ମନମୋହନ ଚୌଧୁରୀ, ଝିଅ ଅନ୍ନପୂର୍ଣ୍ଣା ମହାରଣା ଓ ପରେ ଜ୍ୱାଇଁ ଶରତ ଚନ୍ଦ୍ର ମହାରଣା ଏହି ମୁକ୍ତି ସଂଗ୍ରାମରେ ସାମିଲ ହୋଇ ଇତିହାସ ରଚିଥିଲେ। ବିଶେଷକରି ତ୍ୟାଗ ଓ ସେବା କ୍ଷେତ୍ରରେ ସେ ଯେଉଁ ଉଚ୍ଚ ପରମ୍ପରା ସୃଷ୍ଟି କରିଯାଇଛନ୍ତି, ତାହା ଏବେବି ଅନତିକ୍ରମ୍ୟ ହୋଇ ରହିଅଛି। ସେହିପରି ପଣ୍ଡିତ ସଂଗ୍ରାମୀ ପ୍ରାଣକୃଷ୍ଣ ପଡିହାରୀ, ଉଦୟନାଥ ଷଡଙ୍ଗୀ, ଜାତୀୟକବି ବୀରକିଶୋର ଓ ଆହୁରି ଅନେକ ସଚ୍ଚା ସଂଗ୍ରାମୀମାନେ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ମୋ ସହିତ ଜଡିତ ଥିଲେ। ସେମାନଙ୍କୁ ମଧ ଅଣଦେଖା କରିହେବନାହିଁ। ବର୍ତ୍ତମାନ ମୋ ପୂର୍ବସ୍ଥିତି ନାହିଁ। ମୋ ପ୍ରକୃତ ସ୍ଥିତିକୁ ନେଇ ଏବେବି ଆଲୋଚନା ପର୍ଯ୍ୟାଲୋଚନା ଚାଲିଛି। ବିଭିନ୍ନ ବର୍ଗରୁ ବିଭିନ୍ନ ତର୍କ ବିତର୍କ ଉଠୁଛି। ଏବେ ପୁଣି ମୁଁ ପହଞ୍ଚିଛି ବଡବଜାର ସରସ୍ୱତୀ ଶିଶୁ ମନ୍ଦିର ପାଖରେ। ସେଠି ଠିଆ ହୋଇଛି ଅଳକା ସ୍ୱାଧୀନତା ସଂଗ୍ରାମୀ ଭବନ। ଜିଲ୍ଲା ପ୍ରଶାସନ ସହାୟତାରେ ମୁଣ୍ଡ ଟେକିଛି ଏହି ଭବନ। ହେଲେ ମୋର ସ୍ଥିତାବସ୍ଥା କ'ଣ ତାହା ସରକାରୀ କାଗଜପତ୍ରରେ। ସେହି ଭବନକୁ ଦେଖି ଅନେକ ମୋ କଥାକୁ ମନେପକାଉଛନ୍ତି।

ମୋ ଜାଣିବାରେ ସେତେବେଳର ଗାନ୍ଧୀବାଦୀ ମଣିଷମାନଙ୍କର କୌଣସି ଉପାଧି ବା ସମ୍ମାନ ପ୍ରତି କୌଣସି ଆସକ୍ତି ନଥିଲା। ସେବା ଓ ତ୍ୟାଗ ତାଙ୍କର ପୁଞ୍ଜି ଥିଲା। ସେଇଥିପାଇଁ ତ ଆଜୀବନ ସେବିକା ରମାଦେବୀଙ୍କୁ ଅଳକାଶ୍ରମର ଅନ୍ତେବାସୀମାନେ ମାଆ ବୋଲି ସମ୍ବୋଧନ କରୁଥିଲେ। ସେମାନଙ୍କର ଖାଇବା ପିଇବା, ଭଲମନ୍ଦ ବୁଝିବାରେ କୌଣସି ଅବହେଳା କରୁନଥିଲେ ରମାଦେବୀ। ନବକୃଷ୍ଣ ଚୌଧୁରୀ ଓ ମାଳତୀ ଦେବୀ ଜମିଦାର ଘରେ ଜନ୍ମ ନେଇଥିଲେ ବି ଖଟିଖିଆ ମୂଲିଆ ଲୋକଙ୍କ ଭଳି ଚଳୁଥିଲେ। ସେହିପରି ସଂଗ୍ରାମୀ ପ୍ରାଣକୃଷ୍ଣ ପଡିହାରୀ, ଭାଗୀରଥୀ ମହାପାତ୍ର, ବଂଶୀଧର ପଟ୍ଟନାୟକ, ସରଳା ଦେବୀ, ନାରାୟଣ ବୀରବର ସାମନ୍ତ, ଗୌରାଙ୍ଗ ଚରଣ ଦାସ, ଉଦୟନାଥ ଷଡଙ୍ଗୀ, ରତ୍ନମାଳୀ ଜେମା, ହରେକୃଷ୍ଣ ବିଶ୍ୱାଳ ଓ ଅନ୍ୟମାନେ ତ୍ୟାଗ ଓ ସେବାର ଗୋଟିଏ ଗୋଟିଏ ଜ୍ୱଳିଷ୍ଠ ଉଦାହରଣ ଥିଲେ। ଆଜି କିନ୍ତୁ ବସ୍ତୁବାଦୀ




ଦୁନିଆରେ ଭୋଗୀ ମଣିଷଙ୍କ ସଂଖ୍ୟା ବଢିଚାଲିଥିବା ବେଳେ ତ୍ୟାଗୀ ମଣିଷଙ୍କ ସଂଖ୍ୟା କମିବାରେ ଲାଗିଛି। ଏତିକି ମୋର ଦୁଃଖ।

ମୁଁ ଚାହେଁ ଆମ କଷ୍ଟଲବ୍ଧ ସ୍ୱାଧୀନତାକୁ ଆମେ କିପରି ବଜାୟ ରଖିବା ତାହା ସମସ୍ତଙ୍କର ଧ୍ୟେୟ ହେଉ। ଦେଶ ରହିଲେ ଆମେ ରହିବା– ଏହି କଥାଟି ଭୁଲିଗଲେ ଚଳିବ ନାହିଁ। ପୁଣିଥରେ ଆଶା ରଖୁଛି ମୋର ପ୍ରକୃତ ସ୍ଥିତି କେଉଁଠି ଥିଲା ଏବେ କେମିତି ଅଛି ତାର ତର୍ଜମା ହେଉ, ତା' ଉପରେ ଅଧିକରୁ ଅଧିକ ଗବେଷଣା ହେଉ। ଏଠି ପ୍ରଶ୍ନ ହାରିବାର ବା ଜିତିବାର ନୁହେଁ। ପ୍ରକୃତ ସତ୍ୟ ଲୋକଲୋଚନକୁ ଆସୁ। ଏହାହିଁ ମୋର ଇଚ୍ଛା। ସବୁବେଳେ ଗୋଟିଏ କଥା ସମସ୍ତଙ୍କର ମନେରଖିବା ଉଚିତ୍ ଯେ, ଆମ ଜଗତସିଂହପୁରରେ ହିଁ ଅଳକାଶ୍ରମ ଭଳି ସଂଗ୍ରାମୀ ପୀଠ ଗଢିଉଠିଥିଲା ଓ ପୁଣ୍ୟାତ୍ମା ଗୋପବନ୍ଧୁ ହିଁ ଏହାକୁ ଉଦ୍‌ଘାଟନ କରିଥିଲେ। ଏହା ଆମର ସୌଭାଗ୍ୟ। ପରିଶେଷରେ ଏତିକି କହିବି ଯେ, ଆମେ ସମସ୍ତେ ଜଗତସିଂହପୁରିଆ, ଏହା ଆମର ପରିଚୟ ହେଉ।

# ଅଶାନ୍ତ କାଶ୍ମୀର

ଜାମ୍ମୁ-କାଶ୍ମୀରର ରାଜ୍ୟ ମାନ୍ୟତା ରଦ୍ଦ କରି କେନ୍ଦ୍ରଶାସିତ ଅଂଚଳର ମାନ୍ୟତା ଦେଇ କେନ୍ଦ୍ର ସରକାର ଶାସନ ଦାୟିତ୍ୱ ନେବା ପରେ ଏବେ ସେଠାରେ କାଶ୍ମୀର ପଣ୍ଡିତ, ଶ୍ରମିକ ଏବଂ କୃଷକ ଓ ସରକାରୀ ଅଫିସରଙ୍କୁ ଯେପରି ଟାର୍ଗେଟ କରି ହତ୍ୟା କରାଯାଉଛି, ଏଥିରେ ଉପତ୍ୟକା ପୁଣି ଥରେ ଅଶାନ୍ତ ହୋଇନାହିଁ। ନବେ ଦଶକରେ ଉପତ୍ୟକାର ଭୟଙ୍କର ସ୍ଥିତିକୁ ସ୍ମରଣ କରାଇଦେଉଛି ବୋଲି ନିଃସନ୍ଦେହରେ କୁହାଯାଇପାରିବ। ଆତଙ୍କବାଦୀଙ୍କୁ ଦୃଢହସ୍ତରେ ଦମନ କରାଯିବ ଏବଂ ଆତଙ୍କୀ ସଂଗଠନଗୁଡିକୁ ସମୂଳେ ବିକାଶ କରାଯିବ ବୋଲି କେନ୍ଦ୍ର ସରକାର ଯେତେ ଦୃଢୋକ୍ତି ପ୍ରକାଶ କରୁଥିଲେ ମଧ ଉପତ୍ୟକାରେ ଆତଙ୍କବାଦୀ ସେତିକି ସେତିକି ଆତଙ୍କ ଚଳାଇ ଚାଲିଛନ୍ତି। ନିକଟରେ ସୋପିଆନ ଜିଲ୍ଲାର ଚୌଧୁରୀ କୁଣ୍ଡ ଅଂଚଳରେ ଜଣେ କାଶ୍ମୀର ପଣ୍ଡିତଙ୍କୁ ଆତଙ୍କବାଦୀ ଗୁଳି କରି ହତ୍ୟା କରିଛନ୍ତି। ସେନା ଶିବିରଠାରୁ ମାତ୍ର କିଛି ଶହ ମିଟର ଦୂରରେ ଏହି ହତ୍ୟାକାଣ୍ଡ ଘଟିଛି। ଗତ ୨୦୨୦ରୁ ବର୍ତ୍ତମାନ ସୁଦ୍ଧା ୭ଜଣ କାଶ୍ମୀର ପଣ୍ଡିତଙ୍କୁ ଆତଙ୍କବାଦୀ ହତ୍ୟା କରିସାରିଲେଣି। ଏହି ହତ୍ୟା ଘଟଣା ସେମାନଙ୍କ ପୁରୁଣା କ୍ଷତିକୁ ମନେପକାଇ ଦେଇଛି। ଅତୀତରେ ବ୍ୟାପକ ଆତଙ୍କୀ ହିଂସା ଯୋଗୁଁ ବହୁଲୋକ ତଥା କାଶ୍ମୀର ପଣ୍ଡିତମାନେ ଉପତ୍ୟକା ଛାଡି ଚାଲିଯାଇଥିଲେ। ଏବେ ପୁଣି ଥରେ ସେହିଭଳି ପରିସ୍ଥିତି ସୃଷ୍ଟି ହୋଇଛି। ସେମାନେ କାଶ୍ମୀର ଛାଡି ଚାଲିଯିବାକୁ ପ୍ରସ୍ତୁତ ହେଉଛନ୍ତି। ସୁରକ୍ଷିତ ସ୍ଥାନରେ ସେମାନଙ୍କୁ ଥଇଥାନ କରିବାକୁ ପୁଣି ଦାବି କଲେଣି। କିନ୍ତୁ ଏଥିଲାଗି ସରକାରୀ ଅନୁମତି ସେମାନଙ୍କୁ ମିଳୁନାହିଁ। ଏହା ସତ୍ୟ ଯେ, କାଶ୍ମୀର ପଣ୍ଡିତମାନଙ୍କୁ ଉପତ୍ୟକାରେ ପୁନର୍ବାସ ଉଦ୍ଦେଶ୍ୟରେ ଚାକିରୀ ଦିଆଯିବା ସହ ବାସଗୃହ ମଧ ଯୋଗାଇ ଦିଆଯାଇଥିଲା। ମାତ୍ର ସେମାନଙ୍କୁ ଯେଉଁଭଳି ସୁରକ୍ଷା ଯୋଗାଇ ଦିଆଯିବା ପାଇଁ କୁହାଯାଇଥିଲା, ସେଭଳି ସୁରକ୍ଷା ଦିଆଯାଇ ନ ଥିବା ମନେହୁଏ।



ଯେଉଁଥିପାଇଁ କି ପୁଣି ଥରେ ଜୀବନରକ୍ଷା ପାଇଁ ସେମାନେ ଉପତ୍ୟକା ଛାଡିବାକୁ ପ୍ରସ୍ତୁତ ହେଉଛନ୍ତି। ଏଥିରୁ ଆଇନ-ଶୃଙ୍ଖଳା ଯେ ଦୃଢ ନୁହେଁ, ଏହା ନିଃସନ୍ଦେହରେ ସ୍ୱୀକାର କରାଯାଇପାରେ। ଏହା ସତ୍ୟ ଯେ, ଯେତେବେଳେ ଯେଉଁ କେନ୍ଦ୍ରୀୟ ନେତା କାଶ୍ମୀର ଗସ୍ତ କରିଥାନ୍ତି, ସେତେବେଳେ ଆତଙ୍କବାଦୀ ସଂଗଠନଗୁଡିକୁ ସମୂଳେ ବିନାଶ କରାଯିବ ବୋଲି ଦୃଢୋକ୍ତ ପ୍ରକାଶ କରିଥାନ୍ତି। କେନ୍ଦ୍ରୀୟ ନେତାମାନଙ୍କ ବାହାନା ହୁଏତ ସୁରକ୍ଷା କର୍ମୀମାନଙ୍କ ଉପରେ ପ୍ରଭାବ ପକାଇ ସେମାନଙ୍କ ମନୋବଳ ବଢାଇ ଥାଇପାରେ, କିନ୍ତୁ ଆତଙ୍କୀ ସଂଗଠନଗୁଡିକ ଉପରେ ଏହାର କୌଣସି ପ୍ରଭାବ ପଡୁନଥିବା ଦୈନନ୍ଦିନ ହିଂସାକାଣ୍ଡରୁ ସ୍ପଷ୍ଟ ଅନୁମାନ କରାଯାଇପାରେ। ଆହୁରି ମଧ ଦୈନିକ ଦୁଇ ତିନି ଆତଙ୍କବାଦୀ ସେନା ବା ସୁରକ୍ଷା କର୍ମୀଙ୍କ ଗୁଳିରେ ନିହତ ହେଉଥିବା ନେଇ ସରକାର ଦାବି କରୁଥିବା ବେଳେ ଆତଙ୍କବାଦୀଙ୍କ ସଂଖ୍ୟା ଥମିବାର ନାଁ ଧରୁନାହିଁ। ଏବେ ଉପତ୍ୟକାରେ ଆତଙ୍କବାଦୀଙ୍କ ଆକ୍ରମଣ ଓ ହତ୍ୟା ଯେଭଳି ବଢିବାରେ ଲାଗିଛି, ସମ୍ବିଧାନର ୩୭୦ ଧାରା ଉଚ୍ଛେଦ ଏବଂ ରାଜ୍ୟ ପାହ୍ୟା ମାନ୍ୟତା ରଦ୍ଦ, କେନ୍ଦ୍ର ସରକାରଙ୍କ ଏକ ଭୁଲ ନିଷ୍ପତି ଥିଲା ବୋଲି ପ୍ରତୀୟମାନ ହେଉଛି। କହିବା ବାହୁଲ୍ୟ ଯେ, ୩୭୦ ଧାରା ଉଚ୍ଛେଦ ପରେ ଉପତ୍ୟକାରେ ଦୀର୍ଘଦିନ ଧରି ବ୍ୟାପକ କେନ୍ଦ୍ରୀୟ ବାହିନୀକୁ ନିଯୁକ୍ତ କରାଯିବା ସହ ଦୀର୍ଘ ଦେଢ ବର୍ଷ ଧରି ସାନ୍ଧ୍ୟ ଆଇନ ବଳବତର ରହିବା ସହ ଇଂଟରନେଟ ସେବାକୁ ମଧ ବନ୍ଦ କରାଯାଇଥିଲା। ସେତେବେଳେ ସରକାରଙ୍କ ପକ୍ଷରୁ କୁହାଯାଇଥିଲା ଯେ, ଆତଙ୍କବାଦୀଙ୍କ ଅଂଟା ଭାଙ୍ଗିଯାଇଛି। ମାତ୍ର ସାନ୍ଧ୍ୟ ଆଇନ ପ୍ରତ୍ୟାହୃତ ହେବାପରେ ଆକ୍ରମଣ ଓ ହତ୍ୟା ଯେପରି ବଢିଚାଲିଛି, ସରକାରଙ୍କ ଦାବି ଅଯଥାର୍ଥ ପ୍ରମାଣିତ ହୋଇଛି ବୋଲି କହିଲେ ହୁଏତ ଅତିରଂଜିତ ହେବନାହିଁ। ଅନ୍ୟପକ୍ଷରେ କେନ୍ଦ୍ରଶାସିତ ଅଂଚଳରେ ବିଧାନସଭା ନିର୍ବାଚନ ଲାଗି ସରକାର ଏବେ ପ୍ରସ୍ତୁତି ଆରମ୍ଭ କରିଛନ୍ତି। ଆସନ୍ତା ବର୍ଷ ପ୍ରାରମ୍ଭରେ ନିର୍ବାଚନ ହେବା ସମ୍ଭାବନା ଉଜ୍ଜ୍ୱଳ ରହିଛି। ତେବେ ଏବେ ଯେପରି ହିଂସାକାଣ୍ଡ ବଢିଚାଲିଛି, ସମ୍ଭାବ୍ୟ ବିଧାନସଭା ନିର୍ବାଚନ ପାଇଁ ଯେ ବଡ ଆହ୍ୱାନ, ଏହା ନିଃସନ୍ଦେହରେ କୁହାଯାଇପାରେ। କେବଳ ଏତିକି ନୁହେଁ, କେନ୍ଦ୍ରଶାସିତ ଅଂଚଳରେ ଧାର୍ମିକ ଧ୍ରୁବିକରଣ ଏବଂ ମୌଳବାଦୀଙ୍କ ସଂଖ୍ୟା ବୃଦ୍ଧି ଆଉ ଏକ ଚିନ୍ତାର କାରଣ। ନିର୍ବାଚନ ପୂର୍ବରୁ ଏହାର ଦମନ ଜରୁରୀ। ତେବେ ପ୍ରତିକାରାତ୍ମକ ପଦକ୍ଷେପ ସହ କେନ୍ଦ୍ର ସରକାର ତୁରନ୍ତ ବିଧାନସଭା ନିର୍ବାଚନ କରାଇ ରାଜ୍ୟବାସୀଙ୍କୁ କ୍ଷମତା ହସ୍ତାନ୍ତର କରିବା ଆବଶ୍ୟକ।

# ମଂଚେଶ୍ୱର ଥାନା ଅଧିକାରୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି

ଭୁବନେଶ୍ୱର (ପିଏନ୍)– ମଂଚେଶ୍ୱର ଥାନା ଅଧିକାରୀ ସୁଧୀର ସାହୁଙ୍କ ମାତ୍ରାଧିକ କାର୍ଯ୍ୟାନୁଷ୍ଠାନ, ପକ୍ଷପାତିତା ଏବଂ ଅନୈତିକ କାର୍ଯ୍ୟ ବିରୁଦ୍ଧରେ ଛାତ୍ର କଂଗ୍ରେସ ପକ୍ଷରୁ ଭୁବନେଶ୍ୱର ଡି.ସି.ପି.ଙ୍କ କାର୍ଯ୍ୟାଳୟ ସମ୍ମୁଖରେ ସଭାପତି ଯାସୀର ନୱାଜଙ୍କ ନେତୃତ୍ୱରେ ଏକ ବିକ୍ଷୋଭ ଆୟୋଜିତ ହୋଇଥିଲା। ଛାତ୍ର କଂଗ୍ରେସର କର୍ମକର୍ତ୍ତାମାନେ ଏକ ର୍‍ୟାଲିରେ ଆସି ଡି.ସି.ପି.ଙ୍କ କାର୍ଯ୍ୟାଳୟ ସମ୍ମୁଖରେ ମୁଖ୍ୟରାସ୍ତାକୁ ୧ ଘଂଟା ଧରି ଅବରୋଧ କରିଥିଲେ। ଯାସୀରଙ୍କ ନେତୃତ୍ୱରେ ଛାତ୍ର କଂଗ୍ରେସ କର୍ମୀମାନେ ଡି.ସି.ପି. ଅଫିସ ଭିତରକୁ ଧସେଇ ପଶିଲାବେଳେ ଉପସ୍ଥିତ ପୋଲିସଙ୍କ ସହ ଧସ୍ତାଧସ୍ତି ହେଲା। ପ୍ରାୟ ଅଧଘଂଟା କାଳ ଧସ୍ତାଧସ୍ତି ପରେ ପୋଲିସ ଦାବୀପତ୍ର ଦେବାପାଇଁ ଏକ ପ୍ରତିନିଧି ଦଳ ଡି.ସି.ପି.ଙ୍କ କାର୍ଯ୍ୟାଳୟ ଯିବାକୁ ରାଜି ହୋଇଥିଲା। ଛାତ୍ର କଂଗ୍ରେସର ପ୍ରତିନିଧି ଦଳ ଡି.ସି.ପିଙ୍କ କାର୍ଯ୍ୟାଳୟରେ ଅତିରିକ୍ତ ଡି.ସି.ପି. ଶ୍ରୀ ପି.କେ ରାଉତଙ୍କୁ ଦାବିପତ୍ର ଦେବା ସହ ମଂଚେଶ୍ୱର ଥାନା ଅଧିକାରୀ ସୁଧୀର ସାହୁଙ୍କ ଅନୈତିକ କାର୍ଯ୍ୟ ବିରୁଦ୍ଧରେ ଅଭିଯୋଗ କରିଥିଲେ।




ସ୍ମାରକ ପତ୍ରରେ ଉଲ୍ଲେଖ ହୋଇଥିଲା ଯେ ମଂଚେଶ୍ୱର ଥାନା ଅଧିକାରୀ ସାଧାରଣ ଜନତା ଓ ପୋଲିସର ସଂପର୍କକୁ ନଷ୍ଟ କରୁଛନ୍ତି। ଯାହାଫଳରେ ସାଧାରଣ ଜନତାଙ୍କର ପୋଲିସ ଉପରୁ ଭରସା ତୁଟିଯିବ। ମଂଚେଶ୍ୱର ଥାନା ଅଧିକାରୀ ପ୍ରଦେଶ ଛାତ୍ର କଂଗ୍ରେସର ରାଜ୍ୟସ୍ତରୀୟ ସଂପାଦକ ଶ୍ରୀ ସଫଳ ସମନ୍ୱୟଙ୍କ ବିରୁଦ୍ଧରେ ମିଥ୍ୟା କେସ ଲଗାଇ ତାଙ୍କୁ ଗିରଫ କରିଛନ୍ତି। ଗତ ୧୮ ତାରିଖ ଅକ୍ଟୋବରରେ ମଂଚେଶ୍ୱର ଥାନା ଅଂଚଳରେ ଏକ ଅପରାଧିକ ଘଟଣାରେ ପୋଲିସ ତାଙ୍କୁ ଗିରଫ କରିଥିଲେ। ମାତ୍ର ଏହି ଘଟଣା ସହିତ କୌଣସି ସଂପର୍କ ନଥିବା ସଫଳ ସମନ୍ୱୟଙ୍କୁ ଅନ୍ୟାୟଭାବେ ଥାନାକୁ ଆଣି ମାଡ଼ ମାରିବା ସହ ଜେଲ ପଠେଇ ଦିଆଯାଇଛି। ଏହି ଅପରାଧିକ ଘଟଣାରେ ହଣାଖାଇଥିବା ଜଣେ ଦୋକାନୀ ଜେଲଦଣ୍ଡ ଭୋଗୁଥିବା ବେଳେ ହାଣିଥିବା ଲୋକ ଦିବାଲୋକରେ ବୁଲୁଥିବା ବେଳେ ପୋଲିସ ସେମାନଙ୍କୁ ଗିରଫ କରୁନି। ସଫଳ ସମନ୍ୱୟ ଏକ ଦଳିତ ବର୍ଗର ପିଲା। ତାଙ୍କର ଗୁହାରୀକୁ ଥାନା ଅଧିକାରୀ ଶ୍ରୀ ସୁଧୀର ସାହୁ ଶୁଣିନଥିଲେ।

ଶ୍ରୀ ସୁଧୀର ସାହୁ ମଂଚେଶ୍ୱର ଥାନା ଅଂଚଳରେ ଅପରାଧ କମେଇବା ବଦଳରେ ବଢ଼େଇ ଚାଲିଛନ୍ତି ବୋଲି ଛାତ୍ର କଂଗ୍ରେସ ଅଭିଯୋଗ କରିଛି। ଏଠାରେ ଅସାଧୁ ବ୍ୟବସାୟୀ, ନିଶା ବ୍ୟବସାୟୀ, ବେଆଇନ ମଦ କାରବାର କରୁଥିବା ଲୋକ, ଅସାଧୁ ବିଲଡର, ଅପରାଧୀ ଏପରିକି ବେଶ୍ୟାଳୟ ଚଳାଉଥିବା ବ୍ୟକ୍ତିଠାରୁ ଶ୍ରୀ ସୁଧିର ସାହୁ ଚାନ୍ଦା ନେଇ ସେଠାରେ ଅପରାଧର ସାମ୍ରାଜ୍ୟ ଖୋଲିଛନ୍ତି। ଯେଉଁମାନେ ଏ ଅନ୍ୟାୟ ବିରୁଦ୍ଧରେ ମୁହଁ ଖୋଲୁଛନ୍ତି ତାଙ୍କୁ ଜେଲରେ ଭର୍ତି କରିଦିଆଯାଉଛି।

ଅତିରିକ୍ତ ଡିସିପି ଶ୍ରୀ ରାଉତ ଘଟଣାରେ ଅନୁଧ୍ୟାନ କରିବାପାଇଁ ପ୍ରତିଶ୍ରୁତି ଦେଇଛନ୍ତି। ଡିସିପିଙ୍କ ଅନୁମୋଦନ କ୍ରମେ ଜଣେ ଅତିରିକ୍ତ ଡିସିପି ର୍‍ୟାଙ୍କର ଅଫିସରଙ୍କ ଦ୍ୱାରା ଘଟଣାର ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ସେ କହିଥିଲେ। ମଂଚେଶ୍ୱର ଥାନା ଅଧିକାରୀଙ୍କ ତୁରନ୍ତ ନିଲମ୍ବନ, ଅପରାଧିଙ୍କୁ ଗିରଫ ଏବଂ ଥାନା ଅଧିକାରୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି କରାଯିବା ସହ ଛାତ୍ର କଂଗ୍ରେସ ସଂପାଦକ ସଫଳ ସମନ୍ୱୟଙ୍କ ବିରୋଧରେ ଲାଗିଥିବା ଦଫାକୁ ପ୍ରତ୍ୟାହାର କରାଯାଇ ତାଙ୍କୁ ଜେଲରୁ ମୁକ୍ତ କରାଯିବାକୁ ଦାବୀ ହୋଇଛି। ଏହି କାର୍ଯ୍ୟକ୍ରମରେ ପିସିସି ସାଧାରଣ ସଂପାଦକ ରଜତ ଚୌଧୁରୀ, ପ୍ରକାଶ ମିଶ୍ର, ମନୋଜ ବିଶ୍ୱାଳ, ରଣଜିତ ପାତ୍ର, ତୁଷାରକାନ୍ତ ତପସ୍ୱୀ, ସୂରଜ ରାଉତ, ନିହାର ବେହେରା, ମୁନୁ ପରିଡ଼ା, ମହମ୍ମଦ ଗୁଲଫାମ, ବିଶ୍ୱଭୂଷଣ ମହାପାତ୍ର, ବିଭୂତି ଭୂଷଣ ମହାପାତ୍ର, ଅରମାନ ଜେନା, ସାଗର ପଟ୍ଟନାୟକ, ସମିଉଲ ହକ, ରିଆଜୁଲ ଇସ୍‌ଲାମ, ସୟଦ୍ ଅଜୁ, ସୟଦ ଆଜମ ଅଲ୍ଲି, ସୌମ୍ୟବ୍ରତ ଷଣ୍ଢ, ଉଦିତ ପ୍ରଧାନ, ରୋନକ ପଟ୍ଟନାୟକ, ନିତେଶ ବେହେରା, ରାଜଲକ୍ଷ୍ମୀ ସାହୁ, ସ୍ନେହା ଜେନା, ଅନନ୍ତ ସାମନ୍ତରାୟ, ସୌମ୍ୟ ବରାଳ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

# ବିଜେଡ଼ିରେ ମିଶିଲେ ଶତାଧିକ କର୍ମୀ

ଫୁଲନଖରା (ପିଏନ୍)–ସିଏମସି ଅନ୍ତର୍ଗତ ୬ଟି ୱାର୍ଡ଼ର ଶତାଧିକ ବିଜେପି କର୍ମୀ ବିଜେଡ଼ି ଦଳରେ ସାମିଲ ହୋଇଛନ୍ତି। ଏଥିନେଇ ବାଲିକୁଦା କ୍ରିଏଟିଭ କନଭେନସନ ମଣ୍ଡପରେ ଆୟୋଜିତ କାର୍ଯ୍ୟକ୍ରମରେ ସଦର ବିଧାୟକ ଚନ୍ଦ୍ରସାରଥି ବେହେରା, ନଗର ବିଜେଡ଼ି ସଭାପତି ମଧୁସୂଦନ ସାହୁ, ଜୀବନବିନ୍ଦୁ ଜିଲା ସଂଯୋଜକ ରଂଜନ ବିଶ୍ୱାଳ, କର୍ପୋରେଟର ପୂର୍ଣ୍ଣିମା ସ୍ୱାଇଁ, ୱାର୍ଡ଼ ସଭାପତି ବିକ୍ରମ ଶତପଥି, ରଂଜନ ପାଲ, ମନୋରଂଜନ ମହାପାତ୍ର, ସଂଜୟକୁମାର ବରାଳ ପ୍ରମୁଖ ମଞ୍ଚାସୀନ ରହି ମୁଖ୍ୟମନ୍ତ୍ରୀଙ୍କ ନେତୃତ୍ୱରେ ରାଜ୍ୟ ଉନ୍ନତି ପଥରେ ଅଗ୍ରସର ହେଉଛି ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅଜିତ ରାଉତ, ଦିଲୀପ ସ୍ୱାଇଁ, ନଳିନୀ ସେନାପତି, ସୁଭାସିନୀ ସେଠୀ, ବିପ୍ରଚରଣ ଭୋଳ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ପୂର୍ବତନ କର୍ପୋରେଟର ତଥା ମହିଳା ବିଜେଡ଼ି ରାଜ୍ୟ ସାଧାରଣ ସମ୍ପାଦିକା ରାଜକୁମାରୀ ସ୍ୱାଇଁଙ୍କ ନେତୃତ୍ୱରେ ୫୦, ୫୧, ୫୬, ୫୭, ୫୮ ଓ ୫୯ ନମ୍ବର ୱାର୍ଡ଼ର ଶତାଧିକ ବିଜେପି କର୍ମୀ ବିଜେଡ଼ି ଦଳରେ ଯୋଗ ଦେଇଥିଲେ। କଟକ ସଦର ବ୍ଲକ ବିଜେଡ଼ି ସଭାପତି ପ୍ରମୋଦ ମହାପାତ୍ର କାର୍ଯ୍ୟକ୍ରମ ସଂଚାଳନ କରିଥିଲେ।

# କବି ରାଜକିଶୋର ପାଢୀଙ୍କ ଜୟନ୍ତୀ ପାଳିତ



ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଜାରକାସ୍ଥିତ ତ୍ରିନାଥେଶ୍ୱର ମନ୍ଦିର ପରିସରରେ ବିଶିଷ୍ଟ କବି ଡ. ରାଜ କିଶୋର ପାଢୀଙ୍କ ୮୧ ତମ ଜୟନ୍ତୀ ପାଳିତ ହୋଇଯାଇଛି। ଏହି ଅବସରରେ ଆୟୋଜିତ କବିତା ପାଠ 'କବିତାରେ କବିତାରେ ରାଜ କିଶୋର' ଉତ୍ସବକୁ ଗୋକର୍ଣ୍ଣିକା ସମ୍ପାଦକ ରମାକାନ୍ତ ଜେନା ପ୍ରଦୀପ ପ୍ରଜ୍ୱଳନ ପୂର୍ବକ ଉଦ୍‌ଘାଟନ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ କବି ଡ. ତୁହାନାଂଶୁ ରଥ ଓ ବ୍ରହ୍ମବରଦା କଲେଜ ଅଧ୍ୟକ୍ଷ ମହେଶ୍ୱର ପାଢୀ ଯୋଗଦେଇ କବି ସବୁବେଳେ ଆସକ୍ତି ତପସ୍ୱୀଟିଏ, କବିତା ହୃଦୟର ଅନ୍ତରଙ୍ଗ ଆଳାପ ବୋଲି ମତବ୍ୟକ୍ତ କରି ଡ. ପାଢୀଙ୍କ କବିତା ସଙ୍କଳନ ସମ୍ପର୍କରେ ଆଲୋଚନା କରିବା ସହ ଜନ୍ମଦିନର ଶୁଭେଚ୍ଛା ଜଣାଇଥିଲେ। କବୟିତ୍ରୀ ପଦ୍ମଜା ଶରଣ ଓ ପ୍ରେମଲତା ମହାରଣାଙ୍କ ସଂଯୋଜନାରେ ଡ. ପାଢୀଙ୍କ ରଚିତ କବିତା ପୁସ୍ତକକୁ ଅର୍ଜୁନ ପୃଷ୍ଟି, ବିଜୟ କୁମାର ନାୟକ, ଅଖିଳ କୁମାର ସ୍ୱାଇଁ, ମିନତୀ ସାହୁ, କାହ୍ନୁ ଚରଣ ଦାଶ, ପ୍ରଶାନ୍ତ କୁମାର ସାହୁ, ବ୍ରଜବନ୍ଧୁ ଶତପଥୀ, ଡ. ପ୍ରଶାନ୍ତ କୁମାର ସ୍ୱାଇଁ, ପ୍ରହ୍ଲାଦ ପଣ୍ଡା, ଯୁଧିଷ୍ଠିର ସ୍ୱାଇଁ, ପ୍ରଫୁଲ୍ଲ ସ୍ୱାଇଁ, ଗୋଲକ ପଲେଇ, ସୁବ୍ରତ ଦାସ, ଗଣେଶ୍ୱର ବେହେରା, କୃଷ୍ଣଚନ୍ଦ୍ର ତ୍ରିପାଠୀ, ଦେବେନ୍ଦ୍ର ପଟ୍ଟନାୟକ କବିତାପାଠ କରିଥିଲେ। ଏହି ଉତ୍ସବରେ କବି ପତ୍ନୀ ପ୍ରେମଲତା ପାଢୀଙ୍କ ସମେତ ପରିବାରବର୍ଗ ଉପସ୍ଥିତ ଥିଲେ। ଶେଷରେ ଗୀତାଂଜଳୀ ନନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ।

# ବାଲି ବୋଝେଇ ଟ୍ରାକ୍ଟର ଜବତ, ଡ୍ରାଇଭର ଗିରଫ

ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅନ୍ତର୍ଗତ ବ୍ରହ୍ମଣୀ ନଦୀର ନୂଆହାଟ ଘାଟରୁ ବେଆଇନ ଭାବେ ବାଲି ପରିବହନ କରୁଥିବା ଏକ ଟ୍ରାକ୍ଟରକୁ ପୁଲିସ ଗିରଫ କରିବା ସହ ଡ୍ରାଇଭରକୁ ଗିରଫ କରିଛି। ସୂଚନା ମୁତାବକ ଏହି ଥାନା କୃଷ୍ଣପୁର ଗ୍ରାମର ଶରତ ଚନ୍ଦ୍ର ପ୍ରଧାନ ନିଜ ଟ୍ରାକ୍ଟର ନଂ ଓଡି–୦୪–ଏଚ–୮୦୧୭ରେ ନୂଆହାଟ ଘାଟରୁ ବେଆଇନ ଭାବେ ବାଲି ପରିବହନ କରୁଥିବାବେଳେ ଜେନାପୁର ରେଳଷ୍ଟେସନ ନିକଟରେ ପୁଲିସ ଗାଡିର କାଗଜପତ୍ର ଯାଂଚ କରିଥିଲେ। ହେଲେ ନିଜ ଟ୍ରାକ୍ଟର ଚଳାଉଥିବା ଶରତ କୌଣସି କାଗଜପତ୍ର ଦେଖାଇ ପାରି ନ ଥିଲେ। ଫଳରେ ପୁଲିସ ବାଲି ବୋଝେଇ ଟ୍ରାକ୍ଟରକୁ ଜବତ କରିବା ସହ ଏହାର ମାଲିକ ତଥା ଡ୍ରାଇଭର ଶରତଙ୍କୁ ଗିରଫ କରିଥିଲା। ପରେ ତାକୁ ଚଣ୍ଡିଖୋଲକୁ ଚାଲାଣ କରାଯାଇଥିବା ଜଣାଯାଇଛି।

# କିଷାନ କଂଗ୍ରେସର ବ୍ଲକସ୍ତରୀୟ କିଷାନ ଚିନ୍ତନ ଶିବିର

ବ୍ରହ୍ମପୁର (ପିଏନ୍): ହିଞ୍ଜିଳି ବ୍ଲକ ଗଣ୍ଡଳା ଗ୍ରାମ କାଲୁଆ ମନ୍ଦିରଠାରେ କିଷାନ କଂଗ୍ରେସ ତରଫରୁ ବ୍ଲକସ୍ତରୀୟ କିଷାନ ଚିନ୍ତନ ଶିବିର ଅନୁଷ୍ଠିତ ହୋଇଯାଇଛି। ଓଡିଶା ପ୍ରଦେଶ କଂଗ୍ରେସ ସଭାପତି ଶରତ ପଟ୍ଟନାୟକଙ୍କ ଆହ୍ୱାନରେ ଗଞ୍ଜାମ ଜିଲା କଂଗ୍ରେସ ସଭାପତି ତଥା ସାନଖେମୁଣ୍ଡି ବିଧାୟକ ରମେଶ ଜେନାଙ୍କ ନିର୍ଦ୍ଦେଶରେ ବରିଷ୍ଠ କୃଷକ ନେତା ପଦ୍ମଚରଣ ସାହୁଙ୍କ ସଭାପତିତ୍ୱରେ କୃଷକ ଚିନ୍ତନ ଶିବିର ଅନୁଷ୍ଠିତ ହୋଇଥିଲା। ଉକ୍ତ ଶିବିରରେ କିଷାନ କଂଗ୍ରେସ ଗଞ୍ଜାମ ଜିଲା ସଂଯୋଜକ ଶ୍ୟାମସୁନ୍ଦର ଦୋରା, ଜିଲ୍ଲା କଂଗ୍ରେସର ଉପସଭାପତି ମହେଶ୍ୱର ପାତ୍ର, ବରିଷ୍ଠ ସାମ୍ବାଦିକ ରବି ରଥ, ଜିଲ୍ଲା ଯୁବ କଂଗ୍ରେସ ସଭାପତି ସନାତନ ସାହୁ, ବିଧାନସଭା ଯୁବ କଂଗ୍ରେସ ସଭାପତି ଆଶିଷ କୁମାର ପାଢୀ, ଜିଲା ପଛୁଆ ବର୍ଗ ସଭାପତି ଅମିର କୁମାର ଭୂୟାଁ, ଜିଲ୍ଲା ସମ୍ପାଦକ ଦଣ୍ଡପାଣି ପାତ୍ର, ଆଇନଜୀବୀ ବସନ୍ତ ପଟ୍ଟନାୟକ, ବରିଷ୍ଠ କଂଗ୍ରେସ ନେତା ସୁରେନ୍ଦ୍ର ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ନବୀନ ସରକାରଙ୍କ କୃଷକମାରଣ ନୀତିକୁ ବିରୋଧ ଓ କେନ୍ଦ୍ରର ଦେଶ ବିକ୍ରି ଉଦ୍ଦେଶ୍ୟକୁ ନିନ୍ଦା କରାଯାଇ ସରକାର ବିରୋଧୀ ହାୱାକୁ ଲୋକଙ୍କ ନିକଟରେ ପହଞ୍ଚାଇବା ନିମନ୍ତେ କର୍ମୀଙ୍କୁ ଗୁରୁମନ୍ତ୍ର ଦିଆଯାଇଥିଲା। ଆସନ୍ତା ଦିନରେ ପ୍ରତ୍ୟେକ ପଞ୍ଚାୟତରେ କର୍ମୀ ସମ୍ମିଳନୀ କରାଯିବା ନିମନ୍ତେ ସୂଚନା ଦିଆଯାଇଥିଲା।




# ବାୟୋଫ୍ଲକ ଖାଦ୍ୟ ଜରିଆରେ ସାମୁଦ୍ରିକ ଚିଙ୍ଗୁଡ଼ିର ପୋଷଣ ସନ୍ତୁଳନ

ପ୍ରାଣୀମାନଙ୍କ ଦ୍ୱାରା ଗ୍ରହଣ କରାଯାଉଥିବା ନାଇଟ୍ରୋଜେନ ମୁଖ୍ୟତଃ ଅମିନୋ ଏସିଡ୍ ଦ୍ୱାରା ଗଠିତ ହୋଇଥାଏ ଯାହାକି ପ୍ରୋଟିନ୍ ଓ ବାୟୋମାସରସନ୍ତୁଳନରେ ସାହାଯ୍ୟ କରେ। ବୈଜ୍ଞାନିକ କାରଣ ଦର୍ଶାଇଛନ୍ତି ଯେ ବାୟୋଫ୍ଲକ ମୁଖ୍ୟତଃ ପ୍ରୋଟିନ୍, କାର୍ବୋହାଇଡ୍ରାଟେ ଏବଂ ଜୀବାଣ୍ଣରେ ଗଠିତ ହୋଇଥାଏ ଯାହାକି ଜଳଗୀବ ମାନଙ୍କର ଏକ ପ୍ରମୁଖ ଖାଦ୍ୟ । । ୟୋଫ୍ଲୋକରେ ମୁଖ୍ୟତଃ ଫ୍ୟାଟି ଏସିଡ୍ ଥାଏ ଯାହାକି ଚିଙ୍ଗୁଡ଼ି ମାନଙ୍କର ପୋଷକତ୍ତ୍ୱ ଗ୍ରହଣରେ ମୁଖ୍ୟ ଭୂମିକା ଗ୍ରହଣ କରିଥାଏ । ଚିଙ୍ଗୁଡ଼ିମାନଙ୍କର ଅନ୍ତର୍ଦେଶୀୟ ବିଭାଜନରେ ବାୟୋଫ୍ଲୋକ ପ୍ରଯୁକ୍ତି ବିଦ୍ୟା ମୁଖ୍ୟତଃ ନାଇଟ୍ରୋଜେନ ଓ ଫସଫରସ୍ ଯଥାକ୍ରମେ ୭୦ ଓ ୬୬ ଶତକଡ଼ା ବଢ଼ାଇ ଥାଏ । ଏ ଡି ସିର ପରିମାଣ କମିବା ସହିତ ପୋଷକତ୍ତ୍ୱ ମାନଙ୍କର ଆବଶ୍ୟକତା ମଧ୍ୟ କମିଥାଏ । ଏହା ପ୍ରଥମେ ବୈଜ୍ଞାନିକ ମାନଙ୍କ ଦ୍ୱାରା ଆବିଷ୍କାର କରାଯାଇଥିଲା । ଏଥିସହିତ ବାୟୋଫ୍ଲୋକ କାର୍ବନ ଓ ନାଇଟ୍ରୋଜେନର ସନ୍ତୁଳିତ ଆଧାରକୁ ପ୍ରାଧାନ୍ୟ ଦେଇଥାଏ । ବାୟୋଫ୍ଲୋକ ମୁଖ୍ୟତଃ ବିଭିନ୍ନ ଅମିନୋଆସିଡ୍ ଯେପରିକି ମ୍ୟୁରାମିକ ଏସିଡ୍ ଫାଇଟୋଷ୍ଟେରୋଲ ଆଦି ଧାରଣ କରିଥାଏ । ଏହି ସକ୍ରିୟ ଉପାଦାନ ଗୁଡ଼ିକ ଜଳଜୀବ ମାନଙ୍କର ବୃଦ୍ଧି ଘଟାଇଥାଏ । ଏଥି ସହିତ ଏହା ମଧ୍ୟ ସାମୁଦ୍ରିକ ଚିଙ୍ଗୁଡ଼ି ମାନଙ୍କର ଉତ୍ତମ ଗୁଣବତା ରକ୍ଷା କରେ । ଏହି ଉପାଦାନ ଗୁଡ଼ିକ ଉତ୍ତମ ପ୍ରକ୍ରିୟାରେ ସାହାଯ୍ୟ କରୁଥିବା ଏାଇମ୍ ଗୁଡ଼ିକୁ ସକ୍ରିୟ କରିବା ସହିତ କୋଷଗୁଡ଼ିକୁ ଜୀବାଣୁ ଆକ୍ରମଣରୁ ରକ୍ଷା କରିଥାଏ । ଏବର ସମୟରେ ସାମୁଦ୍ରିକ



ସାଧାରଣତଃ ସାମୁଦ୍ରିକ ଚିଙ୍ଗୁଡ଼ିର ବୃଦ୍ଧି ନିମନ୍ତେ ଅଧିକାଂଶ ଗବେଷଣା ଘରୋଇ ପଦ୍ଧତି ଜନ୍ମିତ ଅଂଶୁଜୀବାଣୁ ବ୍ୟବହାର କରି ହୋଇଥାଏ । ଯାହାହେଉ ଏଇ ଘରୋଇ ପର୍ଯ୍ୟବେଶିତ ପ୍ରଣାଳୀ ଅଣୁଜୀବାଣୁ ଏବଂ ଶୈବାଳ ମାନଙ୍କର ନିଃଶ୍ୱାସ ପ୍ରଶ୍ୱାସ ପାଇଁ ଅତିରିକ୍ତ ଅମ୍ଳଜାନ ଦରକାର ହୋଇଥାଏ । ଏତଦବ୍ୟତୀତ ସାମୁଦ୍ରିକ ଚିଙ୍ଗୁଡ଼ି ମଧ ଅଣୁଜୀବାଣୁ ଶୈବାଳ ମାନଙ୍କ ସହ ଆବଶ୍ୟକୀୟ ଅମ୍ଳଜାନ ଦରକାର । ଏଇ ପଦ୍ଧତି ସାଧାରଣତ ଉପାୟରେ ହେଉଥିବା ସାମୁଦ୍ରିକ ଚିଙ୍ଗୁଡ଼ି ଚାଷ ପ୍ରଣାଳୀ ଅପେକ୍ଷା ଅଧିକ ଅମ୍ଳଜାନ ଆବଶ୍ୟକ କରିଥାଏ। ଯାହା ଫଳରେ ଏହା ଅମ୍ଳଜାନ ଦ୍ରବିଭୂତ ପ୍ରଣାଳୀର



ବିଜ୍ଞାନ ମିହିର ରାଉତ

ଖର୍ଚ୍ଚକୁ ଦୂରୀଭୂତ କରିଥାଏ । ଏହାପରେ ମଧ ବୟୋଫ୍ଲୋକ ପ୍ରଣାଳୀରେ ଉପଯୁକ୍ତ ଖାଦ୍ୟ ଉପଯୋଗ ଚାଷ ହେଉଥିବା ଜଳଗୀବମାନଙ୍କର ଚାରି ଖାଇବା ନୀତି ଉପରେ ନିର୍ଭରଶୀଳ ଥାଏ । ବର୍ତ୍ତମାନ ଯୁଗରେ ବୈଜ୍ଞାନିକ ମାନେ ବାୟୋଫ୍ଲୋକ କୌଶଳକୁ ଜଳଜୀବ ମାନଙ୍କର ପୋଷଣ ତତ୍ତ୍ୱରେ ଖାଦ୍ୟ ଶୃଙ୍ଖଳ ଭାବରେ ବ୍ୟବହାର କରୁଛନ୍ତି । ବର୍ତ୍ତମାନ ଦେଖାଯାଉଛି ଯେ ସାମୁଦ୍ରିକ ଚିଙ୍ଗୁଡ଼ି ଚାଷରେ ବ୍ୟବହୃତ ଖାଦ୍ୟରେ ଫିସ୍ ମିଲ ଏକ ମୁଖ୍ୟ ଉପାଦେୟର ଭୂମିକା ନେଉଛି । ଯେଉଁଥିପାଇଁ ବ୍ୟବହୃତ ମାଛ ଖାଦ୍ୟର ବଜାର ମୂଲ୍ୟ ଦିନକୁ ଦିନ ବଢ଼ିବାରେ ଲାଗିଛି । ଏଣୁ ଉପଯୁକ୍ତ ପ୍ରୋଟିନ୍ ପରିମାଣକୁ ବଢ଼ାଇ ରଖି ଏକ ବିକଳ୍ପ ପ୍ରୋଟିନ୍‌ର ଉତ୍ସ ଖୋଜି ପାଇବ । ଜଳଜୀବ ପାଳନ ଶିଳ୍ପ ଆଜି ଏକ ଚର୍ଚ୍ଚାର ମୁଖ୍ୟ କେନ୍ଦ୍ରବିନ୍ଦୁ । ଗବେଷଣାରୁ ଜଣା ପଡ଼ିଛି ସୋୟାବିନ୍ ଜାତୀୟ ପଦାର୍ଥ ଫିସ୍ ମିଲକୁ ପୁନଃ ସ୍ଥାପନ କରେ ଯାହାକି ପ୍ରୋଟିନ୍ ଓ ଖଣିଜ ଲବଣରେ ଭରପୁର ଅଟେ ଏବଂ ଚିଙ୍ଗୁଡ଼ି ମାନଙ୍କର ଏକ ପ୍ରମୁଖ ଖାଦ୍ୟ ଅଟେ ।



ଚିଙ୍ଗୁଡ଼ି ମାନଙ୍କର ଉତ୍ପାଦନ ଏକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯାହା କେବଳ ବୟୋଫ୍ଲୋକ ପ୍ରଯୁକ୍ତିବିଦ୍ୟା ଦ୍ୱାରା ସମ୍ଭବ ହୋଇପାରିଛି ଏବଂ ସେ ଏହା ଦର୍ଶାଇଥିଲେ ଯେ ବାୟୋଫ୍ଲୋକ ୭୫ ରୁ ୮୦ ଶତକଡ଼ା ପ୍ରୋଟିନ୍ ଏବଂ ପୋଷାକତ୍ତ୍ୱ ଧାରଣ କରିଥାଏ । ଜଳଜୀବମାନଙ୍କ ଖାଦ୍ୟରେ ପ୍ରୋଟିନ୍‌ର ପରିମାଣ ମୁଖ୍ୟତଃ ଅମିନୋଆସିଡ୍‌ର ପରିମାଣ ଉପରେ ନିର୍ଭର କରିଥାଏ । ଏହି ବାୟୋଫ୍ଲୋକ ପ୍ରଯୁକ୍ତିବିଦ୍ୟା ଦେଖାଏ ଯେ ଜଳଜୀବ ବିଜ୍ଞାନ ଉତ୍ପାଦନ ବୃଦ୍ଧିହେବା ସହିତ ପରିବେଶ ଉପରେ ପଡୁଥିବା ଅନାବଶ୍ୟକ ବ୍ୟବସ୍ଥାର ହ୍ରାସ ଘଟେ । ବୟୋଫ୍ଲୋକରେ ଥିବା ପୋଷକତ୍ତ୍ୱ ମୁଖ୍ୟତଃ ଚିଙ୍ଗୁଡ଼ିମାନଙ୍କର ପ୍ରଧାନ ଖାଦ୍ୟ ଭାବେ ବ୍ୟବହୃତ ହୁଏ । ଏକ ପୋଷକତ୍ତ୍ୱ ସର୍ଭେରୁ ଜଣାପଡ଼ିଛି ଯେ ବାୟୋଫ୍ଲୋକରେ ୧୨୦ ଗ୍ରାମ/କେଜି ପ୍ରୋଟିନ୍ ଏବଂ ଫ୍ୟାଟିଆସିଡ୍ ୨୦ ଗ୍ରାମ/କେଜି ଥାଏ । ବୟୋଫ୍ଲୋକ ମୁଖ୍ୟତଃ ୨୯.୧% ନାଇଟ୍ରୋଜେନ ୩୯.୨% ଜୀବାଣ୍ଣ ଏବଂ ୮.୩% ଫାଇବର, ୪.୭% ଫାଟିଆସିଡ୍ ଧାରଣ କରିଥାଏ । ଜୀବାଣ୍ଣର ପରିମାଣ ଯେତେ ବୃଦ୍ଧି ପାଇଥାଏ ସାମୁଦ୍ରିକ ଚିଙ୍ଗୁଡ଼ିମାନଙ୍କର ବୃଦ୍ଧି ସେତେ ହୋଇଥାଏ । ୨୦ଟି ଆମିନୋଆସିଡ୍ ମଧ୍ୟରୁ ବାୟୋଫ୍ଲୋକ ମୁଖ୍ୟତଃ ୪ଟି ଫ୍ୟାଟିଆସିଡ୍‌କୁ ଗ୍ରହଣ କରିଥାଏ। ସେଗୁଡ଼ିକ ହେଉଛି ପଲମିଟିକ୍ ଏସିଡ୍, ଲିନୋଲେଇକ ଏସିଡ୍, ଓରେଇକ ଏସିଡ୍ ।

ମତ୍ସ୍ୟବିଜ୍ଞାନ,
ଏମ.ଏସ୍. ସ୍ୱାମୀନାଥନ କୃଷି ବିଶ୍ୱ ବିଦ୍ୟାଳୟ,
ପାରଳାଖେମୁଣ୍ଡି
ମୋ- ୭୯୭୮୧୯୬୮୩୪

# ହାଇଡ୍ରୋପନିକ୍ସ : ଅମଳ ଓ ଆତ୍ମନିର୍ଭରଶୀଳର ନୂଆ ସୋପାନ



ଆଜିକାଲିର ଯୁବଗୋଷ୍ଠୀ ଚାଷ କାର୍ଯ୍ୟ ପାଇଁ ବିମୁଖ। କିନ୍ତୁ ଯଦି କମ ସମୟରେ ଅଧିକ ଅମଳ କରିହେବାର କିଛି ଉପାୟ ଆସେ , ତେବେ ସେଥିପାଇଁ ସମସ୍ତେ ବ୍ୟଗ୍ର ହୋଇଉଠନ୍ତି। ଠିକ୍ ସେମିତି କୃଷି କ୍ଷେତ୍ରରେ ଏକ ଅଭିନବ ଉପାୟ ହାଇନ୍ରୋଫନିକ୍ସ। ବିନା ମାଟିରେ ଫସଲ ଉତ୍ପାଦନ କରିବାର ଏକ ନିଆରା ଉପାୟ। ପୋଷକତତ୍ତ୍ୱକୁ ସିଧାସଳଖ ଗଛରେ ପ୍ରୟୋଗ କରାଯାଏ। ଯାହା ଫଳରେ ଚେର ଆବଶ୍ୟକୀୟ ପୋଷକତତ୍ତ୍ୱକୁ ଗ୍ରହଣ କରିପାରେ। ଅଧିକାଂଶ ସ୍ଥାନରେ ଏହାକୁ ଯୁବବର୍ଗ ବି ଆପଣେଇଲେଣି । ସେଂଚୁରିଆନ କୃଷି ବିଶ୍ୱବିଦ୍ୟାଳୟ ପାରଳାଖେମୁଣ୍ଡିରେ ଆରମ୍ଭ ହୋଇଛି ଏହି ହାଇଡ୍ରୋଫନିକ୍ସ ଫାର୍ମ। ପାଳଙ୍ଗ , ଟମାଟୋ, ବନ୍ଧାକୋବି ପରି ପରିବା ଉତ୍ପାଦନ କରି ଏହା ଏବେ ବେଶ ଚର୍ଚ୍ଚାରେ।



## ଚିନାବାଦାମ ଫସଲରେ ଗଳାପଚା ରୋଗ ବ୍ୟାପୁଥିଲେ ସମାଧାନ :

ବିହନ ଜମିରେ ବୁଣିବା ପୂର୍ବରୁ ବିହନକୁ କବକ ନାଶକ ୩ ଗ୍ରାମ ଥିରାମ କିମ୍ବା ୧.୫ ଗ୍ରାମ କାରବେଣ୍ଡଜୀମ ପ୍ରତି ଏକ କେ.ଜି ବିହନ ହିସାବରେ ମିଶାଇ ବିଶୋଧନ କରନ୍ତୁ।

* ଜମିରେ ୧.୫ ଗ୍ରାମ କାରବେଣ୍ଡାଜୀମ କିମ୍ବା ୩.୫ ଗ୍ରାମ ମାନକୋଜଏ ପ୍ରତି ଲିଟର ପାଣିରେ ମିଶାଇ 'ସଲର ମୂଳ ଅଂଶରେ ଓ ମୂଳ ପାଖରେ ଥିବା ମାଟିରେ ସିଞ୍ଚନ କରନ୍ତୁ।
* ଗଛ ଚାରା ଅବସ୍ଥାରେ ଥିବା ସମୟରେ ଜଳସେଚନ ନିୟନ୍ତ୍ରଣ କରନ୍ତୁ।

## ଧାନରେ ମହିସା ରୋଗ ବ୍ୟାପୁଥିଲେ ସମାଧାନ

ଧାନ ବିହନକୁ ପ୍ରଥମେ ଥିରାମରେ ବୁଡ଼େଇ ରଖାଯିବା ଦରକାର ।

- ଅଧିକ ଯବକ୍ଷାରଜାନ ସାର ପ୍ରୟୋଗ କରିବା ବନ୍ଦ କରିବା ।
-ଏହି ରୋଗ ପ୍ରତିରୋଧ କ୍ଷମ କିସମ ବ୍ୟବହାର କରିବା ।
- କିଆରୀରେ ଥିବା ଅନାବନା ଘାସକୁ ଉପାଡ଼ିଦେବା ଆବଶ୍ୟକ ।

## ପଂଚଗବ୍ୟର ପ୍ରସ୍ତୁତି :

ଆବଶ୍ୟକ ସାମଗ୍ରୀ- ଗୋବର, ଗୋମୂତ୍ର, ଦୁଗ୍ଧ, ଦଧି, ଘିଅ, ଗୁଡ଼, ପଚିଲା କଦଳୀ, ନଡ଼ିଆପାଣି ଏବଂ ପାଣି ।

ପ୍ରଣାଳୀ :
୭ କି.ଗ୍ରା ଗୋବରରେ ୧ କି.ଗ୍ରା ଗାଈ ଘିଅକୁ ସକାଳ କିମ୍ବା ସନ୍ଧ୍ୟା ସମୟରେ ଭଲଭାବେ ମିଶାଯାଇ ତାହାକୁ ୩ ଦିନ ପର୍ଯ୍ୟନ୍ତ ରଖାଯାଏ । ରଖିବା ପାଇଁ ମାଟିପାତ୍ର କିମ୍ବା ଟିଣ ପାତ୍ର କିମ୍ବା ପ୍ଲାଷ୍ଟିକ ପାତ୍ର ମଧ ବ୍ୟବହାର କରାଯାଇ ପାରିବ । ୩ ଦିନ ପରେ ସେଥିରେ ୧୦ ଲିଟର ଗୋମୂତ୍ର ଓ ୧୦ ଲିଟର ପାଣି ମିଶାଇ ୧୫ ଦିନ ପର୍ଯ୍ୟନ୍ତ ରଖାଯାଇଥାଏ । ପ୍ରତିଦିନ ସକାଳେ ଏବଂ ସନ୍ଧ୍ୟାରେ ଏହାକୁ ଭଲଭାବରେ ଘାଣ୍ଟି ଦିଆଯାଏ । ୧୫ ଦିନ ପରେ ଏଥିରେ ଗୋ-ଦୁଗ୍ଧ ୩ ଲିଟର, ଦଧି ୩ ଲିଟର, ନଡ଼ିଆ ପାଣି ୩ ଲିଟର ଓ ଗୁଡ଼ ୩ କେ.ଜି. ଏବଂ ପଚିଲା କଦଳୀ ୧୨ଟି ଭଲଭାବରେ ମିଶାଯାଇ ୩୦ ଦିନ ପର୍ଯ୍ୟନ୍ତ ରଖାଯାଏ। ୩୦ ଦିନ ପର୍ଯ୍ୟନ୍ତ ପ୍ରତିଦିନ ସକାଳେ ଓ ସନ୍ଧ୍ୟାରେ ଏହାକୁ ଭଲ ଭାବରେ ଘାଣ୍ଟି ଦିଆଯାଇଥାଏ । ପଞ୍ଚଗବ୍ୟ ପ୍ରସ୍ତୁତି ପାଇଁ କେବଳ ଗୋଜାତ ଦ୍ରବ୍ୟ ହିଁ ବ୍ୟବହୃତ ହୋଇଥାଏ । ଜର୍ସିଗାଈ ଅପେକ୍ଷା ଦେଶୀଗାଈର ଜାତ ପଦାର୍ଥ ବ୍ୟବହାର କରାଗଲେ ଅଧିକ ସୁଫଳ ମିଳିଥାଏ ।

# ଡାଲିଜାତୀୟ ଫସଲର ମୁଖ୍ୟ ରୋଗ ଓ ତାର ପ୍ରତିକାର

ଅଭିନନ୍ଦିତା ସାହୁ

ଓଡ଼ିଶାର ଚାଷ କରାଯାଉଥିବା ମୁଖ୍ୟ ଡାଲି ଜାତୀୟ ଫସଲ ମାନଙ୍କ ମଧ୍ୟରେ ହରଡ଼, ମୁଗ, ବିରି, ବୁଟ, ମଟର, କୋଳଥ, ମସୁର ଅନ୍ୟତମ ।


ଡାଲି ଜାତୀୟ ଫସଲରେ ହେଉଥିବା ମୁଖ୍ୟ ରୋଗ ମାନଙ୍କ ମଧ୍ୟରେ ଝାଉଁଳା ରୋଗ, ପାଉଁଶିଆ ରୋଗ, କଳଙ୍କି ରୋଗ, ସାହେବୀ ରୋଗ ଆଦି ଅନ୍ୟତମ ।

**ଝାଉଁଳା ରୋଗ :**

ଏହା ଏକ କବକ ଜନିତ ରୋଗ । ଏହା ହରଡ଼ ଓ ବୁଟ ଫସଲର ମୁଖ୍ୟ ରୋଗ ଅଟେ । ଏହି ରୋଗର ପ୍ରଥମ ଅବସ୍ଥାରେ ଗଛରୁ ପତ୍ର ଗୁଡ଼ିକ ହଳଦିଆ ପଡ଼ିବା ଆରମ୍ଭ କରେ ଏବଂ ଶେଷରେ ସମ୍ପୂର୍ଣ୍ଣ ଝାଉଁଳି ପଡ଼ି ମରିଯାଏ । ଆକ୍ରାନ୍ତ ଗଛର କାଣ୍ଡକୁ କାଟି ଦେଖିଲେ କାଣ୍ଡର ଭିତର ଅଂଶରେ କଳା ଗାର ଗାର ଦାଗ ଦେଖାଯାଏ ।

ପ୍ରତିକାର :

- ହରଡ଼ ଫସଲର ଝାଉଁଳା ରୋଗରୁ ରକ୍ଷା ପାଇବା ପାଇଁ ସୋରଗମ୍ ସହ ମିଶ୍ରିତ ଚାଷ କରନ୍ତୁ ।
- ଖରାଟିଆ ଗଭୀର ଚାଷ କରନ୍ତୁ ।
- ରୋଗ ପୋକ ନିରୋଧକ ଓ ସହନଶୀଳ ବିହନ କର୍ବାଚନ କରନ୍ତୁ ।
- ବିହନ ବୁଣିବା ପୂର୍ବରୁ ବିହନକୁ କୀଟନାଶକ କାର୍ବେଣ୍ଡାଜିମ୍ କିମ୍ବା ଥିରାମ ୩ ଗ୍ରାମ ପ୍ରତି ଏକ କେ.ଜି ବିହନ ହିସାବରେ ମିଶାଇ ବିଶୋଧନ କରନ୍ତୁ । କିମ୍ବା ଜୈବ ବିଶୋଧକ ଟ୍ରାଇକୋଡ଼ର୍ମା ୪ ଗ୍ରାମ ପ୍ରତି କେ.ଜି ବିହନ ହିସାବରେ ମିଶାଇ ବିଶୋଧନ କରନ୍ତୁ ।
- ଜମିରେ ରୋଗ ଦମନ ନିମନ୍ତେ ଏକର ପ୍ରତି ୩୦୦ ଗ୍ରାମ କାର୍ବେଣ୍ଡାଜିମ ୨୦୦ ଲିଟର ପାଣିରେ ମିଶାଇ ଗଛ ମୂଳରେ ସିଂଚନ କରନ୍ତୁ ।





**ପାଉଁଶିଆ ରୋଗ :**

ଏହା ଏକ କବକ ଜନିତ ରୋଗ । ଏହା ମୁଗ ଓ ବିରି ଫସଲର ଏକ ମୁଖ୍ୟ ରୋଗ । ଏହି ରୋଗର ପତ୍ର ଉପରେ ଧଳା ପାଉଁଶ ରଙ୍ଗର କବକ ମାଡ଼ିଯାଏ । ଫଳରେ ପତ୍ର ଶୁଖିଯାଏ ।

**ପ୍ରତିକାର :**

- ସହନଶୀଳ ବିହନ ବ୍ୟବହାର କରନ୍ତୁ ।
- ଏକ ଏକର ପ୍ରତି ୧ କିଗ୍ରା ସଲଫର କିମ୍ବା ୩୦୦ ଗ୍ରମେ କାର୍ବେଣ୍ଡାଜିମ୍ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ସହପ୍ରାଧ୍ୟାପିକା, ଏମ୍.ଏସ୍ ସ୍ୱାମୀନାଥନ କୃଷି ବିଶ୍ୱବିଦ୍ୟାଳୟ,
ପାରଳାଖେମୁଣ୍ଡି
ମୋ-୭୮୯୪୯୧୧୮୩୦




# ରାଜ୍ୟରେ ତିନି ହଜାର କିଲୋମିଟର ରାସ୍ତାର ହେବ ସାଇନେଜ ଅଡ଼ିଟ

ଓଡ଼ିଶା ସରକାରଙ୍କ ସଡ଼କ ଓ ପରିବହନ ବିଭାଗ ଏକ ଦୃଷ୍ଟାନ୍ତମୂଳକ କାର୍ଯ୍ୟକ୍ରମ ହାତକୁ ନେଇଛି। ଯାହାର ବଡ଼ ସୁଫଳ ଗାଡ଼ି ଚାଳକମାନେ ପାଇବେ ଏବଂ ସଡ଼କ ଦୁର୍ଘଟଣାରୁ ମଧ୍ୟ ସେମାନେ ମୁକ୍ତି ପାଇପାରିବେ। ରାଜପଥରେ ସାଇନେଜ ନଥିଲେ ଏହା ସଡ଼କ ବ୍ୟବହାରକାରୀଙ୍କୁ ଦ୍ୱନ୍ଦ୍ୱରେ ପକାଉଛି। ଏହାଦ୍ୱାରା ଦୁର୍ଘଟଣା ବୃଦ୍ଧି ପାଉଥିବା ଜଣା ପଡ଼ିଛି। ରାଜ୍ୟ ସଡ଼କ ପରିବହନ ବିଭାଗର ଏକ ପାଇଲଟ ପ୍ରୋଜେକ୍ଟ ଜରିଆରେ ୫୦ କିମି ରାସ୍ତାର ସାଇନେଜ ଅଡିଟ ପରେ ଏହା ସ୍ପଷ୍ଟ ହୋଇଛି। ଏକଥା ଜଣା ପଡ଼ିବା ପରେ ରାଜ୍ୟ ସଡ଼କ ପରିବହନ ବିଭାଗ ପ୍ରଥମ ପର୍ଯ୍ୟାୟରେ ରାଜ୍ୟର ୩ ହଜାର କିଲୋମିଟର ରାଜପଥର ସାଇନେଜ ଅଡିଟ କରାଯିବ। ଅର୍ଥାତ ରାସ୍ତାର ସବୁ ସ୍ଥାନରେ ସାଇନେଜ ଲାଗିବ। ଓଡ଼ିଶାରେ ୧୦୦ ପ୍ରତିଶତ ରାସ୍ତାକୁ ସଙ୍କେତ ଅନୁକୂଳ କରିବା ପାଇଁ ପରିହବନ ବିଭାଗ ପ୍ରଥମ ପର୍ଯ୍ୟାୟରେ ୩ ହଜାର କିଲୋମିଟର ରାସ୍ତା ପାଇଁ ସଡ଼କ ଚିହ୍ନ ଓ ମାର୍କିଂରେ ଅଡ଼ିଟ କରିବା ପାଇଁ ପଦକ୍ଷେପ ନେଉଥିବା ନେଇ ରାଜ୍ୟ ସଡ଼କ ପରିବହନ ବିଭାଗ ପକ୍ଷରୁ କୁହାଯାଇଛି।

ରାସ୍ତାରେ ମାନବୀୟ ତ୍ରୁଟି ଯୋଗୁଁ ଦୁର୍ଘଟଣା ଘଟୁଛି। ଠିକ ସାଇନେଜ ନ ଥିବାରୁ ଏହା ଦୁର୍ଘଟଣାର କାରଣ ହୋଇଛି। ଓଡ଼ିଶାରେ ୧୦୦ ପ୍ରତିଶତ ସଡ଼କ ସଙ୍କେତ ଅନୁକୂଳ କରିବା ପାଇଁ ପରିବହନ ବିଭାଗ ରାଜ୍ୟରେ ସଡ଼କ ସଙ୍କେତ ଅଡିଟ ଭଳି ଏକ ନିଆରା ପଦକ୍ଷେପ ହାତକୁ ନେଇଛି। ଉପଯୁକ୍ତ ସଡ଼କ ଚିହ୍ନ, ଟ୍ରାଫିକ ସଙ୍କେ ସରଳୀକରଣ, ସଡ଼କ ଇଂଜିନିୟରିଂ ବ୍ୟବସ୍ଥାରେ ସୁଧାର ଆଣି ସଡ଼କ ଦୁର୍ଘଯଣା ମାତ୍ରାକୁ କମ କରିବାକୁ ପଦକ୍ଷେପ ନିଆଯାଉଛି। ତ୍ରୁଟିପୂର୍ଣ୍ଣ ସାଇନେଜ ଓ ସିଗନାଲ ଗୁଡ଼ିକ ବହୁ ସମୟ ଟ୍ରାଫିକ ଜାମ ଓ ସଡ଼କ ଦୁର୍ଘଟଣାର କାରଣ ହୋଇଛି। ବିଶେଷଜ୍ଞଙ୍କ ସାହାଯ୍ୟରେ ସୁନ୍ଦରଗଡ଼ ଜିଲ୍ଲାର ୫୦ କିଲୋମିଟର ରାସ୍ତା, ଦେଓକର୍ଣ୍ଣପୁରରୁ କେସଇବାହାଲ ପର୍ଯ୍ୟନ୍ତ ରାଜ୍ୟ ରାଜପଥ ନଂ ୧୦ (ବିଜୁ ଏକ୍ସପ୍ରେସ)ରେ ମାର୍କିଂର ପରୀକ୍ଷାମୂଳକ ଅଡିଟ କରାଯାଇଥିଲା। ଅଧ୍ୟୟନରୁ ଜଣାପଡ଼ିଥିଲା କି ସଡ଼କ ବ୍ୟବହାରକାରୀଙ୍କ ପାଇଁ ସାଇନେଜର ଆବ୍ୟକତା ରହିଛି। ସଙ୍କେତ ନଥିବା ଛକ ଚାଳକଙ୍କ ମନରେ ଦ୍ୱନ୍ଦ୍ୱ ସୃଷ୍ଟି କରୁଛି। ଯାହା ଦୁର୍ଘଟଣାର ଅନ୍ୟତମ ପ୍ରମୁଖ କାରଣ ହେଉଛି। ନମୁନା ଅଡିଟର ଅନୁସନ୍ଧାନ ଓ ସୁପାରିସ ଅନୁଯାୟୀ ରାଜପଥ ପ୍ରସାରଣରେ ସଂଶୋଧନ କାର୍ଯ୍ୟ ଚାଲିଛି। ଏହି କାର୍ଯ୍ୟକ୍ରମରେ ସଂପୃକ୍ତ ଅଧିକାରୀମାନେ ତ୍ରୁଟିପୂର୍ଣ୍ଣ ସ୍ଥାନରେ ଠିକ ରୋଡ଼ ସାଇନେଜ ଲଗାଇବେ ଓ ନଷ୍ଟ ହୋଇଯାଇଥିବା ସାଇନେଜ ଗୁଡ଼ିକର ମରାମତି କରିବେ। ଆବଶ୍ୟକସ୍ଥଳେ ସେମାନେ ନୂତନ ରୋଡ଼ ସାଇନେଜ ସ୍ଥାପନ କରିବେ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ସବୁ କ୍ଷେତ୍ରରେ ପ୍ରଶାସନ ଠାରୁ ଆମ ସମସ୍ତଙ୍କର ସଚେତନତା ଓ ଗୁରୁଦାୟିତ୍ୱ ରହିଛି ଏହାକୁ ମନେ ରଖିବା ଜରୁରୀ।

## ବାଇକ ଦୁର୍ଘଟଣାରେ ନାବାଳକ ସମେତ ୨ ଆହତ

ଧର୍ମଶାଳା (ପିଏନ୍): ଧର୍ମଶାଳା ଥାନା ଅନ୍ତର୍ଗତ ୧୬ ନଂ ଜାତୀୟ ରାଜପଥ ନେଉଳପୁର ନିକଟରେ ଶୁକ୍ରବାର ସକାଳେ ଏକ ସଡକ ଦୁର୍ଘଟଣାରେ ଜଣେ ବାଇକ ଆରୋହୀ ସମେତ ଜଣେ ନାବାଳକ ଆହତ ହୋଇଥିବା ଜଣାପଡିଛି। ସୂଚନା ମୁତାବକ ଯାଜପୁର ଅଂଚଳର ଦୀଲିପ ବାରିକ (୪୨) ନିଜ ଭଉଣୀ ଓ ଭଣଜା ବାଦଲ ପୃଷ୍ଟି (୬)ଙ୍କୁ ବାଇକରେ ବସାଇ କଟକ ଅଭିମୁଖେ ଯାଉଥିବା ବେଳେ ନେଉଳପୁର ନିକଟରେ ବାଇକ ଆଗକୁ କୁକୁର ପସି ଆସିବାରୁ ଭାରସାମ୍ୟ ହରାଇ ତଳେ ପଡିଯାଇଥିଲେ। ଫଳରେ ଦୀଲିପଙ୍କ ଗୋଡ ଭାଙ୍ଗିଯାଇଥିଲା ବେଳେ ବାଦଲ ଆହତ ହୋଇଥିଲା। ଖବର ପାଇ ଚଣ୍ଡିଖୋଲ ଦମକଳ ବାହୀନୀ ଆହତମାନଙ୍କୁ ଉଦ୍ଧାର କରି ବଡଚଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତି କରିଥିଲେ। ପ୍ରାଥମିକ ଚିକିତ୍ସା ପରେ ଉଭୟ ମାମୁ ଭଣଜାଙ୍କୁ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିବା ଜଣାଯାଇଛି।

## ମଲ୍ଲିପଦରରେ ମୋତିଆ ବିନ୍ଦୁ ଚିହ୍ନଟ ଶିବିର

ଖୋର୍ଦ୍ଧା (ପିଏନ)-ବେଗୁନିଆ ବ୍ଲକ ଅନ୍ତର୍ଗତ କଂଟାବାଡ ପଂଚାୟତ ମଲ୍ଲିପଦର ଗ୍ରାମର ନୂଆ ପାରିଜାତ କ୍ଲବ ପରିସରରେ ରାଷ୍ଟ୍ର ଶକ୍ତି ମିଶନ ଓ ଆମ ଗାଁ ମହୋତ୍ସବ କମିଟି ପକ୍ଷରୁ ମୋତିଆ ବିନ୍ଦୁ ଚିହ୍ନଟ ଶିବିର ଅନୁଷ୍ଠିତ ହୋଇଥିଲା। ଏ ନେଇ ବିଜେଡି ଦଳର ରାଜ୍ୟ ସମ୍ପାଦକ ପ୍ରଦୀପ କୁମାର ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ଶିବିରକୁ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆମ ଗାଁ ମହୋତ୍ସବ କମିଟିର ଉପଦେଷ୍ଟା ସୁବାସ ମହାନ୍ତି, ସଭାପତି ବିଦ୍ୟାଧର ମହାରଣା, ସମ୍ପାଦକ ଶିଶିର କୁମାର ଆଚାର୍ଯ୍ୟ ଓ କୋଷାଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ବେହେରା ପ୍ରମୁଖ ଉପସ୍ଥିତ ରହି ଚକ୍ଷୁରୋଗର ସମସ୍ୟା ସମ୍ପର୍କରେ ଅବଗତ କରିଥିଲେ। ଏଥିରେ ଭୁବନେଶ୍ୱରର ସେଂଟର ଫର ସାଇଟ ଚକ୍ଷୁ ଚିକିତ୍ସାଳୟର କର୍ମଚାରୀ ସୁଧାଂଶୁ ଶେଖର ମହାପାତ୍ର, ମାନସ ସିଂହ ଓ ଦିପ୍ତୀରଂଜନ ପଣ୍ଡା ଯୋଗଦେଇ ମୋଟ ୫୬ ଜଣଙ୍କୁ ପରୀକ୍ଷା କରାଯାଇଥିଲା। ସେଥିରୁ ୧୮ ଜଣ ମୋତିଆ ବିନ୍ଦୁ ରୋଗୀ ଚିହ୍ନଟ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ସାମ୍ବାଦିକ ଯୋଗେଶ୍ୱର ପଣ୍ଡା ପରିଚାଳନା କରିଥିବାବେଳେ ମାଗୁଣୀ ସାମନ୍ତରାୟ, ରବୀନ୍ଦ୍ର କୁମାର ବାରିକ, ପ୍ରେମାନନ୍ଦ ମହାପାତ୍ର, ପ୍ରେମାନନ୍ଦ ସେଠୀ, ଚକ୍ରଧର ମହାରଣା, ବିକ୍ରମାଦିତ୍ୟ ପଣ୍ଡା ଓ ରଂଜନ କୁମାର ଦାଶ ସହଯୋଗ କରିଥିଲେ।

## ଠାକୁର ଅନୁକୂଳଚନ୍ଦ୍ରଙ୍କ ୧୩୫ତମ ଜନ୍ମୋତ୍ସବ

ଧର୍ମଶାଳା (ପିଏନ୍): ଧର୍ମଶାଳା ସତସଙ୍ଗ କେନ୍ଦ୍ର ପକ୍ଷରୁ ଜାରକାଠାରେ ପରମ ପ୍ରେମମୟ ଶ୍ରୀ ଶ୍ରୀ ଠାକୁର ଅନୁକୂଳ ଚନ୍ଦ୍ରଙ୍କ ୧୩୫ତମ ଜନ୍ମ ଉତ୍ସବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଦିବସ ବ୍ୟାପି ବହୁ କାର୍ଯ୍ୟକ୍ରମମାନ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ଧର୍ମଶାଳା ସତସଙ୍ଗ କେନ୍ଦ୍ରର ସଭାପତି ପ୍ରାଧ୍ୟାପକ ରାମଚନ୍ଦ୍ର ସାହୁ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ତହସିଲଦାର ସ୍ୱାଗତ ଦାସ, ଅତିଥି ଭାବେ ଚଣ୍ଡିଖୋଲ ଆଂଚଳିକ ପରିବହନ ଅଧିକାରୀ ସମ୍ବିତ କୁମାର ଓ ଜିଲ୍ଲାପରିଷଦ ସଭ୍ୟ ଜଳଧର ମହାନ୍ତି ଯୋଗଦେଇ ଠାକୁର ଅନୁକୂଳଚନ୍ଦ୍ରଙ୍କ ଜୀବନୀ ଉପରେ ଆଲୋକପାତ କରିଥିଲେ। ଏହି ଅବସରରେ ଜଳବାୟୁ ପରିବର୍ତନ ସମୟରେ ବୃକ୍ଷର ଆବଶ୍ୟକତା ଉପଲବ୍ଧ କରି ଅତିଥିମାନେ ଚାରା ରୋପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ସମ୍ପାଦକ ଦୁର୍ଯ୍ୟୋଧନ ମହାନ୍ତି, ରମେଶ ଚନ୍ଦ୍ର ଜେନା, କୁଳମଣି ସାମଲ, ଅଜୟ କୁମାର ନାଥ, ନିଗମ ମହାନା, ସନ୍ତୋଷ ଦାସ ଓ ଦେବେନ୍ଦ୍ର ଜେନା ପ୍ରମୁଖ ଗୁରୁଭାଇମାନେ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଶେଷରେ ନାରାୟଣ ଚନ୍ଦ୍ର ସାମଲ ଧନ୍ୟବାଦ ଅର୍ପଣ କରିଥିଲେ।

# ଦେଶରେ କୃଷିର ସାମଗ୍ରିକ ସ୍ଥିତି !

ଭୁବନେଶ୍ୱର (ପିଏନ୍): ଭାରତୀୟ କୃଷିର ସାମଗ୍ରିକ ସ୍ଥିତି ସନ୍ତୋଷଜନକ ନୁହେଁ। ସେଥିରେ ଓଡ଼ିଶା ଭଳି ଅନଗ୍ରସର ରାଜ୍ୟରେ ଯେ ଚାଷବାସର ହାଲତ ଭଲ ରହିବ ତାହା ଭାବିବା ଠିକ୍ ନୁହେଁ। ଦୀର୍ଘକାଳଧରି ଓଡ଼ିଶାର କୃଷି କ୍ଷେତ୍ର ଅବହେଳିତ ହୋଇରହିବା ପରେ ଗତ ୪/୫ ବର୍ଷ ଧରି ରାଜ୍ୟ ସରକାର ଏ କ୍ଷେତ୍ର ପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେଇଛନ୍ତି। ଚାଷବାସ ପାଇଁ ଅଧିକ ପୁଞ୍ଜିନିବେଶ, ସ୍ୱତନ୍ତ୍ର ନୀତି ପ୍ରଣୟନ ଓ ଯୋଜନା ଆଦି ହାତକୁ ନିଆଯାଇଛି। ସେଥିମଧ୍ୟରୁ ସ୍ୱତନ୍ତ୍ର କୃଷି ବଜେଟ ଅନ୍ୟତମ। ଏହି କ୍ଷେତ୍ରର ଦକ୍ଷତାର ପୂର୍ଣ୍ଣ ଉପଯୋଗ କରିବାପାଇଁ ଯେଉଁ ଉଦ୍ୟମ ହେଉଛି ତାହା ତତ୍କାଳ ବା କମ୍ ସମୟରେ ଫଳ ଦେବାର ସମ୍ଭାବନା କ୍ଷୀଣ। ଏହା ଜାଣି ମଧ୍ୟ ରାଜ୍ୟ ସରକାର କୃଷିକ୍ଷେତ୍ରର ଉପଲବ୍ଧି ନେଇ ମଝିରେ ମଝିରେ ଯେଉଁସବୁ ଦାବି କରୁଛନ୍ତି ତାହା ହାସ୍ୟାସ୍ପଦ ଲାଗେ। ଏଭଳି ଆକାଶରୁ ତୋଳିଆଣିବା ଭଳି ସଫଳତା ପଛରେ ପରିସଂଖ୍ୟାନର ପ୍ରହେଳୀ ସହିତ ରାଜନୈତିକ କାରଣ ଅଧିକ। ସଫଳତାର ଶ୍ରେୟ ନେବାକୁ ସରକାରଙ୍କୁ କେହି ମନାକରୁନାହାନ୍ତି; କିନ୍ତୁ ଉଦ୍ୟମର ଗଛ ଭୂଇଁରୁ ଉଠିବା ପୂର୍ବରୁ ତା'ର ଫଳକୁ ନେଇ ଦାବି ଜଣାଇବା ସର୍ବଦା ହାସ୍ୟାସ୍ପଦ। ଜାତୀୟ କୃଷି କର୍ମଣ ପୁରସ୍କାର ସେଥିମଧ୍ୟରୁ ଗୋଟିଏ। ଏହା ଜାତୀୟ ସ୍ତରରେ ବିଭିନ୍ନ ଶ୍ରେଣୀର ରାଜ୍ୟମାନଙ୍କୁ ଭିନ୍ନଭିନ୍ନ ବର୍ଗରେ ମିଳିଥାଏ। ଓଡ଼ିଶା ଯେଉଁ ବର୍ଗରେ ଅଛି ସେଥିରେ ଧାନ ଉତ୍ପାଦନ କ୍ଷେତ୍ରରେ ଦ୍ୱିତୀୟ ବର୍ଗର ରାଜ୍ୟମାନେ ରହିଛନ୍ତି। ବିଗିଡ଼ିଯାଇଥିବା ଉତ୍ପାଦନ ଧାରାକୁ ବ୍ୟବସ୍ଥିତ କରି ଅମଳ ବଢ଼ାଇବାପାଇଁ ଏହି ପୁରସ୍କାର ଦିଆଯାଇଥାଏ। ସେଥିପାଇଁ ସେହି ବର୍ଗର ରାଜ୍ୟମାନଙ୍କ ମଧ୍ୟରେ ପ୍ରତିଯୋଗିତା ହୋଇଥାଏ। ଏହା ଜାତୀୟ ସ୍ତରରେ ପ୍ରଦାନ କରାଯାଉଥିଲେ ମଧ୍ୟ ସର୍ବଭାରତୀୟ ସ୍ତରରେ ଏକକ ଶ୍ରେଷ୍ଠ ପ୍ରଦର୍ଶନର ସଫଳତା ନୁହେଁ। ତେଣୁ ଏହି ସଫଳତାରେ ଆତ୍ମହରା ନ ହୋଇ ବରଂ ପ୍ରଥମ ବର୍ଗରେ ଥିବା ରାଜ୍ୟମାନଙ୍କ ସହ ପ୍ରତିଯୋଗିତା କରିବାକୁ ପ୍ରୟାସ ଆରମ୍ଭ ହେବା ଆବଶ୍ୟକ। ଦ୍ୱିତୀୟ ପ୍ରସଙ୍ଗଟି ହେଲା ଡାଲିଜାତୀୟ ଫସଲ ଓ ତୈଳବୀଜ ଉତ୍ପାଦନ ପାଇଁ ରାଜ୍ୟରେ ଆବଶ୍ୟକ ସୁବିଧାସୁଯୋଗ ଥିବା ସତ୍ତ୍ୱେ ଏ କ୍ଷେତ୍ରରେ ଓଡ଼ିଶାର ପ୍ରଦର୍ଶନ ନୈରାଶ୍ୟଜନକ। ଡାଲି ଓ ତୈଳବୀଜ ଉତ୍ପାଦନ କ୍ଷେତ୍ରରେ ଓଡ଼ିଶା ଆତ୍ମନିର୍ଭରଶୀଳ ହୋଇ ନ ପାରିବାର କାରଣ ଅନୁଧ୍ୟାନ କରି ସରକାର ପଦକ୍ଷେପ ନେଲେ ଭଲ ହେବ। କପା, ଆଖୁ, ଛୋଟଶସ୍ୟ ଆଦି କଥା ମଧ୍ୟ ଆମକୁ ଚିନ୍ତା କରିବାକୁ ପଡ଼ିବ; କାରଣ ଏଥିରେ ଓଡ଼ିଶା ବହୁତ ପଛରେ। ଉଦ୍ୟାନକୃଷି ମଧ୍ୟ ସ୍ୱତନ୍ତ୍ର ଦୃଷ୍ଟି ଆବଶ୍ୟକ କରେ। ଆମର ମତ୍ସ୍ୟ ଓ ପ୍ରାଣୀସଂପଦ ବିଭାଗର ପ୍ରଦର୍ଶନ ଅପେକ୍ଷାକୃତ ଭଲ ହେଲେ ମଧ୍ୟ ଏ କ୍ଷେତ୍ରରେ ବିଶାଳ ସମ୍ଭାବନାକୁ ଏବେ ମଧ୍ୟ ଉପଯୋଗ କରାଯାଇ ପାରିନାହିଁ। ନମୁନା ସର୍ଭେ ତଥ୍ୟକୁ ଭିତ୍ତିକରି ଏବେ ରାଜ୍ୟ ସରକାର କହୁଛନ୍ତି ଓଡ଼ିଆଚାଷୀଙ୍କ ଆୟ ଦୁଇଗୁଣ ହୋଇଛି। ଏ ଦାବି ପଛରେ ବିଶେଷ କିଛି ଗର୍ବ କରିବା ବା ବାହାଦୁରି ନେବାର ନାହିଁ। ଦଶବର୍ଷ ତଳେ ଦେଶ ବା ରାଜ୍ୟର ସାଧାରଣ ମୂଲ୍ୟସୂଚୀ ଯାହାଥିଲା ଏବେ ତାହା ପାଖାପାଖି ୫ଗୁଣ ବଢ଼ିଛି। ସାମଗ୍ରୀ ମହଙ୍ଗା ହୋଇଥିବାବେଳେ ଟଙ୍କାର କ୍ରୟଶକ୍ତି କମିଛି। ସବୁ ଜିନିଷର ମୂଲ୍ୟ ବଢ଼ିଥିବାବେଳେ କୃଷିଜାତ ସାମଗ୍ରୀର ମୂଲ୍ୟ ବଢ଼ିଛି। ତଦନୁସାରେ ଚାଷୀ ତା'ର ଉତ୍ପାଦିତ ସମାଗ୍ରୀର ମୂଲ୍ୟ ବଢ଼ାଇବାକୁ ବାଧ୍ୟ ହୋଇଛି। ଏହି ମୂଲ୍ୟରେ ତା'ର ଉତ୍ପାଦନ ଖର୍ଚ୍ଚ, ନିଜସ୍ୱ ମଜୁରି ଓ ଅନ୍ୟାନ୍ୟ ଖର୍ଚ୍ଚ ରହିଛି। ତେଣୁ ତାହାର ଆୟ ବଢ଼ିଛି ବୋଲି କହିବା ଠିକ୍ ନୁହେଁ। ଯଦି ଚାଷୀଙ୍କର ଉତ୍ପାଦନରେ ଉଲ୍ଲେଖନୀୟ ବୃଦ୍ଧି ଘଟିଥା'ନ୍ତା, ତା'ହେଲେ ସେମାନେ ଲାଭବାନ ହୋଇଥାନ୍ତେ। କୃଷି କ୍ଷେତ୍ରରେ ବିଭିନ୍ନ ଅଗ୍ରଣୀ ରାଜ୍ୟର କୃଷିଜାତ ଦ୍ରବ୍ୟ ଅମଳ ପରିମାଣ ହେକ୍ଟର ପିଛା ଯାହା ଓଡ଼ିଶା ସେଥିରେ ବହୁ ପଛରେ। ସେହିଭଳି ଚାଷଜମିରେ ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟାର ଉପଯୋଗ କ୍ଷେତ୍ରରେ ମଧ୍ୟ ଓଡ଼ିଶା ପଛରେ। ଏଠାରେ ସାର ବ୍ୟବହାର ମଧ୍ୟ ଜାତୀୟ ହାରଠାରୁ କମ୍। ସର୍ବୋପରି ଓଡ଼ିଶାରେ ଏବେ ବିଭିନ୍ନ କାରଣରୁ ଅଧା ଚାଷଜମି ପଡ଼ିଆ ପଡୁଛି। ଚାକିରି କରିଥିବା ଲୋକଙ୍କ ବେତନ, ମଜୁରି ଓ ଦରଦାମ ଯେଉଁ ତୁଳନାରେ ବଢ଼ିଛି ତଦନୁସାରେ ଚାଷୀର ଆୟ ନଗଣ୍ୟ। ତେଣୁ ଏହାକୁ ନେଇ ସରକାର ଛାତି ଫୁଲେଇ ବାହାବା ନେବା ତୁଚ୍ଛା ବାହାଦୁରି। ଓଡ଼ିଆ ଚାଷୀର ଆୟ ଯଦି ୪/୫ ଗୁଣ ବଢ଼ିଥା'ନ୍ତା ତେବେ ଏହାକୁ ନେଇ ଗର୍ବ କରିହୋଇଥାନ୍ତା। ରାଜ୍ୟର ମୋଟ ୭୦ ଶତାଂଶ ଲୋକ କୃଷି ଉପରେ ନିର୍ଭରଶୀଳ। ସେମାନଙ୍କ ମଧ୍ୟରୁ ଅଧିକାଂଶ କେବଳ ପରିବାର ପୋଷଣ ପାଇଁ ଚାଷ କରିଥାନ୍ତି। ଏହାସତ୍ତ୍ୱେ ରାଜ୍ୟର ମୋଟ ଘରୋଇ ଉତ୍ପାଦନରେ କୃଷିକ୍ଷେତ୍ରର ଅବଦାନ ୧୮ ଶତାଂଶ ଯାହା ନଗଣ୍ୟ। ଏହି କ୍ଷେତ୍ରରେ ଯେତେ ଲୋକ ସମ୍ପୃକ୍ତ ସେମାନଙ୍କ ମଧ୍ୟରୁ ଅଧେଙ୍କୁ ବାହାର କରିଦେଇ ଅନ୍ୟ କ୍ଷେତ୍ରରେ କାମଧନ୍ଦା ଯୋଗାଇଲେ ବରଂ ସେମାନଙ୍କ ଆୟ ବଢ଼ିବ। ଚାଷବାସ ଭଳି ସୀମିତ କ୍ଷେତ୍ରରେ ଅସୀମିତ ଲୋକଙ୍କ ସମ୍ପୃକ୍ତି ସମ୍ପୃକ୍ତ ଲୋକଙ୍କ ଆୟ ବୃଦ୍ଧିରେ ସହାୟକ ହେବନାହିଁ। ଓଡ଼ିଶା ସରକାର କୃଷି ବିକାଶର ଡିଣ୍ଡିମ ପିଟୁଥିବାବେଳେ ରାଜ୍ୟରେ ଚାଷୀ ଆତ୍ମହତ୍ୟା ଓ ଧାନଭଳି କୃଷିଜାତ ପଦାର୍ଥର ଅଭାବୀ ବିକ୍ରି ଏକ ନିତିଦିନିଆ ଘଟଣା ପାଲଟିଛି। ଯେଉଁ ସାମଗ୍ରୀର ଚାହିଦା ରହିଛି ତାହାକୁ ଚାଷ ନ କରି କେବଳ ଧାନଚାଷରେ ମାତିଲେ ସମସ୍ୟାର ସମାଧାନ ତ ହେବନାହିଁ, ବରଂ ଏହା ବଢ଼ିବ। ରାଜ୍ୟ ସରକାର ଏ ଦିଗପ୍ରତି ଦୃଷ୍ଟିଦେଇ ନୂଆ ନୀତି ପ୍ରଣୟନ କରନ୍ତୁ। ଖାଦ୍ୟଶସ୍ୟ ସହ ଡାଲି, ତୈଳବୀଜ, ପନିପରିବା, ଆଳୁପିଆଜ, ମାଛମାଂସ ଭଳି ବହୁଳ ବ୍ୟବହୃତ ଜିନିଷରେ ଓଡ଼ିଶା ଆତ୍ମନିର୍ଭରଶୀଳ ହୋଇପାରିଲେ ଯାଇ ଆମେ ନିଶଫୁଲାଇ ଚାଲିପାରିବା ଏବଂ ଗର୍ବର ସହ ଆମ କୃଷି ଉପଲବ୍ଧିର କାହାଣୀ କହିପାରିବା।

# ପ୍ରଦେଶ ଛାତ୍ର କଂଗ୍ରେସର 'ଛାତ୍ର ଯୋଡ଼ୋ ଭାରତ ଯୋଡ଼ୋ' କାର୍ଯ୍ୟକ୍ରମ

ଭୁବନେଶ୍ୱର (ପିଏନ୍)-ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ସଭାପତି ୟାସିର ନୱାଜଙ୍କ ନେତୃତ୍ୱରେ ମହର୍ଷି କଲେଜଠାରୁ ଉତ୍କଳ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ 'ଛାତ୍ର ଯୋଡ଼ୋ ଭାରତ ଯୋଡ଼ୋ' କାର୍ଯ୍ୟକ୍ରମରେ ଏକ ପଦଯାତ୍ରା ହୋଇଥିଲା। ଛାତ୍ର କଂଗ୍ରେସ କର୍ମକର୍ତାମାନେ ଏବଂ ଛାତ୍ରଛାତ୍ରୀମାନେ ମହର୍ଷି କଲେଜରୁ ଯାତ୍ରା ଆରମ୍ଭ କରି ରମାଦେବୀ ବିଶ୍ୱବିଦ୍ୟାଳୟ ଦେଇ ଉତ୍କଳ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ ଯାଇଥିଲେ। ସେଠାରେ ଉତ୍କଳ ବିଶ୍ୱବିଦ୍ୟାଳୟ ପରିକ୍ରମା କରାଯାଇଥିଲା। ଏଠାରେ ସୂଚନାଯୋଗ୍ୟ ଯେ ୟାସିର ନୱାଜଙ୍କ ଆହ୍ୱାନରେ ରାହୁଲ ଗାନ୍ଧୀଙ୍କର ଭାରତଯୋଡ଼ କାର୍ଯ୍ୟକ୍ରମକୁ ଓଡ଼ିଶାର ସମସ୍ତ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ ଆଗେଇ ନିଆଯିବ। ଓଡ଼ିଶାର ସାରା ମଧ୍ୟ ଏହି କାର୍ଯ୍ୟକ୍ରମ ଏବେ ଚାଲିଛି। ଏଥିରେ ବହୁ ଛାତ୍ରଛାତ୍ରୀ ଅଂଶଗ୍ରହଣ କରି ଭାରତ ଯୋଡ଼ୋ କାର୍ଯ୍ୟକ୍ରମ ପ୍ରତି ତାଙ୍କର ସମର୍ଥନ ବ୍ୟକ୍ତ କରୁଛନ୍ତି। ଏହି କାର୍ଯ୍ୟକ୍ରମରେ ଶ୍ରୀ ନୱାଜ କହିଥିଲେ ଯେ ଦେଶର ଅଖଣ୍ଡତା ରକ୍ଷା କରିବାପାଇଁ, ଗଣତନ୍ତ୍ର ଓ ସମ୍ବିଧାନକୁ ସଶକ୍ତ କରିବାପାଇଁ, ଦେଶର ସମ୍ପତି ବିକ୍ରିକୁ ରୋକିବା ପାଇଁ ଏବଂ ବିଶେଷ କରି ଘୃଣା, ହିଂସା, ଦ୍ୱେଷକୁ ପରିହାର କରି ଏକ ନୂତନ ଭାରତବର୍ଷର ଗଠନର ପ୍ରଚେଷ୍ଟା ହେଉଛି ଭାରତ ଯୋଡ଼ୋ କାର୍ଯ୍ୟକ୍ରମର ମୂଳଲକ୍ଷ୍ୟ। ନବୀନ ସରକାରଙ୍କର ଛାତ୍ର ବିରୋଧୀ ନୀତିର ତୀବ୍ର ସମାଲୋଚନା କରି ସେ କହିଥିଲେ ଯେ ଓଡ଼ିଶାର ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟଗୁଡ଼ିକୁ ଛାତ୍ର ବିଜେଡ଼ିର ଦଳୀୟ କାର୍ଯ୍ୟାଳୟରେ ପରିଣତ କରିବାପାଇଁ ମୁଖ୍ୟମନ୍ତ୍ରୀ ଚକ୍ରାନ୍ତ କରୁଛନ୍ତି। ଗୋଟିଏ ପଟେ ଚାରିବର୍ଷ ହେଲା ଛାତ୍ର ସଂସଦର ନିର୍ବାଚନ ବନ୍ଦ କରାଯାଇଥିଲା ବେଳେ, ଛାତ୍ର ବିଜେଡ଼ି ପକ୍ଷରୁ କ୍ୟାମ୍ପସ କମିଟି ଗଠନ କାର୍ଯ୍ୟକ୍ରମ ସମସ୍ତଙ୍କୁ ଆଶ୍ଚର୍ଯ୍ୟାନ୍ୱିତ କରିଛି। ୨୨ ବର୍ଷ ଭିତରେ ଛାତ୍ର ବିଜେଡ଼ି ଏକ ନିକମା, ମେରୁଦଣ୍ଡବିହୀନ, ମସ୍ତକ ବିହୀନ, ସ୍ୱାଭିମାନ ରହିତ, ଗୋଡ଼ାଣିଆ, ଅନ୍ଧ, ମୂକ, ବଧିର ସଂଗଠନ ଭାବରେ ରହିଛି। ଏମାନେ କେବେ ଛାତ୍ରସ୍ୱାର୍ଥ ପାଇଁ ସ୍ୱର ଉତୋଳନ କରନ୍ତି ନାହିଁ। କେବଳ ନବୀନବାବୁଙ୍କ ଜୟଜୟକାର କରିବା ଛଡ଼ା ଛାତ୍ର ବିଜେଡ଼ିର ଦ୍ୱିତୀୟ କାର୍ଯ୍ୟ କିଛି ନାହିଁ। ଏମାନେ କେବେ ଆନ୍ଦୋଳନ କରି ରାସ୍ତା ଉପରକୁ ଓହ୍ଲାଇ ନାହାନ୍ତି। ସାରା ରାଜ୍ୟରେ କ୍ୟାମ୍ପସ ଅସୁରକ୍ଷିତ, ଛାତ୍ରଛାତ୍ରୀ ଏବଂ ଅଭିଭାବକମାନଙ୍କୁ ପ୍ରାଇଭେଟ କଲେଜର ମାଲିକମାନେ ଶୋଷଣ କରୁଛନ୍ତି। କଲେଜ ଫି ବଢ଼ି ବଢ଼ି ଚାଲିଛି, ର୍‍ୟାଗିଂ ଚାପରେ ଛାତ୍ରଛାତ୍ରୀ ଆତ୍ମହତ୍ୟା କରୁଛନ୍ତି, ଅଧାପକମାନଙ୍କର ଘୋର ଅଭାବ, ଭିତିଭୂମି ନାହିଁ, ଜାଲ ସାର୍ଟିଫିକେଟରେ ଆଡମିଶନ ହେଉଛି, ଡେଭଲପମେଂଟ ଫଣ୍ଡ ଲୁଟି ନିଆଯାଉଛି। ଆମେ ଆନ୍ଦୋଳନ କରୁଛୁ ମାତ୍ର ଛାତ୍ର ବିଜେଡ଼ି ଚୁପ ବସିଛି। ଏବିଭିପି ମଧ୍ୟ ବିସିଜେଡ଼ି ସହ ହାତ ମିଳାଇଛି। ଅପରପକ୍ଷରେ ବର୍ଷକୁ ନବୀନ ପଟ୍ଟନାୟକ ୨ଲକ୍ଷ ଏବଂ ନରେନ୍ଦ୍ର ମୋଦି ୨ କୋଟି ନିଯୁକ୍ତି ଦେବେ ବୋଲି ପ୍ରତିଶ୍ରୁତି ଦେଇ ଏବେ ଛାତ୍ରଛାତ୍ରୀମାନଙ୍କୁ ଓ ବେକାର ଯୁବକ ଯୁବତୀମାନଙ୍କୁ ଭୂଆଁ ବୁଲାଉଛନ୍ତି। ମହଙ୍ଗାମାଡ଼ ଜନସାଧାରଣଙ୍କର ମେରୁଦଣ୍ଡ ଭାଙ୍ଗି ଦେଇଛି। ଖଣି, ରେଳବାଇ, ଏଲଆଇସି, ବିଏସଏନଏଲ, ବନ୍ଦର ଯାହା ସବୁ ଦେଶର ସଂପତି ରହିଛି ସବୁ ଗୋଟି ଗୋଟି କରି ନରେନ୍ଦ୍ର ମୋଦି ନିଜର ବନ୍ଧୁ ଶିଳ୍ପପତିମାନଙ୍କୁ ଦାନ କରିଦେଉଛନ୍ତି। ଘୃଣା, ହିଂସା, ଜାତିବାଦ, ଖାଦ୍ୟ ଓ ପୋଷାକ ଆଧାରରେ ଭାରତକୁ ଭାଗ ଭାଗ କରିବାପାଇଁ ଚକ୍ରାନ୍ତ ଚାଲିଛି। ଜାତୀୟ ଶିକ୍ଷା ନୀତି ୨୦୨୦ ପ୍ରଣୟନ କରାଯାଇଛି ଯାହାକି ବିଜେପି ଓ ଆରଏସଏସ ପ୍ରସ୍ତୁତ ଏକ ଶିକ୍ଷା ବ୍ୟବସ୍ଥା। ଶିକ୍ଷା ବ୍ୟବସ୍ଥାକୁ ସଂପୂର୍ଣ୍ଣ ବିପର୍ଯ୍ୟସ୍ତ କରିଦିଆଯାଇଛି। ରାହୁଲ ଗାନ୍ଧୀ ଏହି ପ୍ରସଙ୍ଗ ସମୂହରେ ଭାରତ ଯୋଡ଼ୋ କାର୍ଯ୍ୟକ୍ରମର ନେତୃତ୍ୱ ନେଉଥିବା ବେଳେ ଓଡ଼ିଶାରେ ଏହି କାର୍ଯ୍ୟକ୍ରମକୁ ଆଗେଇ ନେବାପାଇଁ ଛାତ୍ର କଂଗ୍ରେସ ଛାତ୍ର ଯୋଡ଼ୋ କାର୍ଯ୍ୟକ୍ରମ କରୁଛି। ପ୍ରତ୍ୟେକ କଲେଜ ଓ ବିଶ୍ୱବିଦ୍ୟାଳୟରେ ପଂହଚିବା ଆମର ଲକ୍ଷ୍ୟ। ଏହି କାର୍ଯ୍ୟକ୍ରମରେ ମନୋଜ ବିଶ୍ୱାଳ, କିରଣ ସାହୁ, ନିହାର ବେହେରା, ସ୍ୱାଗତ କର, ସୁନିଲ ମାଟିଆ, ଜଗଦିଶ ଗଜେନ୍ଦ୍ର, ସ୍ମୃତିରନ ତ୍ରିପାଠୀ, ନିହାର ବେହେରା, ରଣଜିତ ସେନାପତି, କାର୍ତିକେଶ୍ୱର କାଣ୍ଡି, ବିଶ୍ୱଭୂଷଣ ମହାପାତ୍ର, ବିଭୁତିଭୂଷଣ ମହାପାତ୍ର, ନିଆଜୁଲ ଇସଲାମ, ସାହାରୁଖ ଖାନ, ଉଦିତ୍ ପ୍ରଧାନ, ମହମ୍ମଦ ସମିଉଲ, ଭାଗ୍ୟଶ୍ରୀ ମହାନ୍ତି, ରାଜଲକ୍ଷ୍ମୀ ସାହୁ, ସ୍ନେହା ଜେନା, ସୌମ୍ୟବ୍ରତ ଷଣ୍ଢ, ସୟଦ ଆଜମ ଅଲ୍ଲୀ, ଆର୍ଯ୍ୟାନ ସାସମଲ, ଅବଦୁଲ ଆବ୍ରାର, ବାସୁଦେବ ନାର୍ଥ ଶର୍ମା, ଅପର୍ଣ୍ଣା ଜେନା, ଲିପ୍ସା ପରିଡ଼ା, ରାଜେଶ୍ୱରୀ ବିଶ୍ୱାଳ, ବାସନ୍ତ ଗାଗରାଇ, ପ୍ରତ୍ୟୁଷ ରଂଜନ ପ୍ରଧାନ ଓ ସୁନିଲ ସାହୁ ଗାନ୍ଧୀ ପ୍ରମୁଖ ବହୁ ଛାତ୍ର ନେତା ଓ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ।

## ଗୀତାଞ୍ଜଳିର ପନ୍ଦରତମ ସ୍ୱନକ୍ଷତ୍ର ଅନୁଷ୍ଠିତ



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ସ୍ୱସ୍ତି ପ୍ରିମିଅମ୍‌ଠାରେ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ ଗୀତାଞ୍ଜଳିର ପନ୍ଦରତମ ସ୍ୱନକ୍ଷତ୍ର ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ବିଶିଷ୍ଟ ସଙ୍ଗୀତଜ୍ଞ ଲକ୍ଷ୍ମୀକାନ୍ତ ପାଳିତ ମୁଖ୍ୟ ଅତିଥି, ସଭାପତି ସୁଭାଷ ଚନ୍ଦ୍ର ମୁଖାର୍ଜୀ, ଉପଦେଷ୍ଟା ଡ. ସଜାଲେନ୍ଦୁ ମାଲକାର, ଉପସଭାପତି ହର୍ଷବର୍ଦ୍ଧନ ଭରଦ୍ୱାଜ ଯୋଗଦେଇ ରବୀନ୍ଦ୍ର ନାଥ ଠାକୁରଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ଆହ୍ୱାନ ଦେଇଥିଲେ। ସୁଜାତା ରାହାଙ୍କ ଆବାହକତ୍ୱରେ ସଂଗୀତ କାର୍ଯ୍ୟକ୍ରମ ହେବା ସହିତ ମାତୃଭାଷାର ବିକାଶ, ସାମାଜିକ କାର୍ଯ୍ୟକ୍ରମ ପ୍ରମୁଖ ଆଗେଇ ନେବାକୁ କହିଥିଲେ। ସାଧାରଣ ସମ୍ପାଦକ ତପନ କୁମାର ରାହା ବିବରଣୀ ରଖିବା ସହ ସମସ୍ତେ ରାଷ୍ଟ୍ର ପାଇଁ ନିଷ୍ଠା, ସମର୍ପଣ ଭାବ ରଖନ୍ତୁ ବୋଲି ବକ୍ତବ୍ୟ ରଖିଥିଲେ। ଶେଷରେ କଳାକାରମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

## ପୂର୍ବତନ ବିଧାୟକ ଗୋପ ନାରାୟଣ ଦାସଙ୍କ ବିୟୋଗରେ ପିସିସି ସଭାପତିଙ୍କ ଶୋକ

ଭୁବନେଶ୍ୱର (ପିଏନ୍)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନ ମଣ୍ଡଳୀର ପୂର୍ବତନ ବିଧାୟକ ଗୋପନାରାୟଣ ଦାସଙ୍କ ବିୟୋଗରେ ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଗଭୀର ଶୋକ ପ୍ରକାଶ କରିଛନ୍ତି। ଏକ ଶୋକବାର୍ତାରେ ଶ୍ରୀ ପଟ୍ଟନାୟକ କହିଛନ୍ତି ଯେ ସ୍ୱର୍ଗତଃ ଦାସ କଂଗ୍ରେସ ଦଳର ଜଣେ ଟାଣୁଆ ସଂଗଠକ ଥିଲେ। କଂଗ୍ରେସ ଦଳରୁ ବିଧାନସଭାକୁ ନିର୍ବାଚିତ ହୋଇ ବାଲେଶ୍ୱରର ଜନସାଧାରଣଙ୍କର ସମସ୍ୟାକୁ ବିଧାନସଭାରେ ଦୃଢ଼ ଉପସ୍ଥାପନ କରିବା ଏବଂ ତାର ପ୍ରତିକାର କରିବାରେ ସେ କେବେ ଅବହେଳା କରିନାହାନ୍ତି। ନିଜ ନିର୍ବାଚନ ମଣ୍ଡଳୀର ସର୍ବାଙ୍ଗୀନ ଉନ୍ନତି ପାଇଁ ସେ ସର୍ବଦା ଚେଷ୍ଟିତ ଥିଲେ। ସେ ଜଣେ ସ୍ନେହୀ, ପରୋପକାରୀ ଓ ବନ୍ଧୁବତ୍ସଳ ବ୍ୟକ୍ତି ଭାବରେ ସମସ୍ତଙ୍କ ନିକଟରେ ଏକ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିପାରିଥିଲେ। ତାଙ୍କ ବିୟୋଗ କଂଗ୍ରେସ ଦଳ ପାଇଁ ଅପୂରଣୀୟ କ୍ଷତି ବୋଲି ଶ୍ରୀ ପଟ୍ଟନାୟକ ପ୍ରକାଶ କରିଛନ୍ତି। ସ୍ୱର୍ଗତଃ ଆତ୍ମାର ସଦଗତି କାମନା କରିବା ସହ ଶ୍ରୀ ପଟ୍ଟନାୟକ ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ଗଭୀର ସମବେଦନା ଜଣାଇଛନ୍ତି।

## ଏସେଲସ୍ ପବ୍ଲିକ ସ୍କୁଲ ପକ୍ଷରୁ ଉଡାନ ଓ ଲିଟେରାରୀ କ୍ଲବ ଉଦଘାଟିତ



କଟକ (ପିଏନ୍): କଟକ ସେକ୍ଟର-୯ସ୍ଥିତ ଏସେଲସ୍ ପବ୍ଲିକ ସ୍କୁଲ ଓଡ଼ିଶାର ପ୍ରଥମ ବିଦ୍ୟାଳୟ ଭାବେ ପିଲାମାନଙ୍କ ପାଇଁ ଉଡାନ ଓ ପ୍ରଦର୍ଶ ଶୀର୍ଷକ କାର୍ଯ୍ୟକ୍ରମ ଉଦଘାଟିତ ହୋଇଯାଇଛି। ବିଦ୍ୟାଳୟର ନିର୍ଦ୍ଦେଶିକା ଡକ୍ଟର ମେଘନା ମିଶ୍ରଙ୍କ ପୌରୋହିତ୍ୟରେ ଏହି କାର୍ଯ୍ୟକ୍ରମରେ ଅତିଥି ବକ୍ତା ଭାବେ ରୁହିନା ପ୍ରିୟଦର୍ଶିନୀ ଯୋଗ ଦେଇ ସକାରାତ୍ମକ ଓ ମନସ୍ତାତ୍ତ୍ୱିକ ପ୍ରଶିକ୍ଷଣ ଉପରେ ଆଲୋକପାତ କରିଥିଲେ। ଶହେଜଣ ଅଭିଭାବକ ଯୋଗଦେଇଥିବାବେଳେ ବିଦ୍ୟାଳୟର ଅଧକ୍ଷା ମଞ୍ଜୁଶ୍ରୀ ମିଶ୍ର କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ପିଲାମାନେ ନିଜ ଦକ୍ଷତା ଓ ନିଜ ଭିତରର ଶ୍ରେଷ୍ଠତାକୁ ପ୍ରଦର୍ଶନ କରିବା ପାଇଁ ସେମାନଙ୍କୁ ସମସ୍ତ ପ୍ରକାର ସହାୟତା ବିଦ୍ୟାଳୟ ପକ୍ଷରୁ ପ୍ରଦାନ କରାଯିବ ବୋଲି ନିର୍ଦ୍ଦେଶିକା ଶିକ୍ଷାବିତ୍ ଡକ୍ଟର ମେଘନା ମିଶ୍ର ମତବ୍ୟକ୍ତ କରିଥିଲେ। ସେହିପରି ବିଦ୍ୟାଳୟ ପକ୍ଷରୁ ଲିଟେରାରୀ କ୍ଲବ ଉଦଘାଟିତ ହୋଇଯାଇଛି। ବିଦ୍ୟାଳୟ ସମୂହର ନିର୍ଦ୍ଦେଶିକା ଡକ୍ଟର ମେଘନା ମିଶ୍ରଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମରେ ତିନିଶହ ଜଣ ଛାତ୍ରଛାତ୍ରୀ ଯୋଗ ଦେଇଥିବାବେଳେ ପିଲାମାନଙ୍କର ଅନ୍ତର୍ନିହିତ ସୃଜନଶୀଳ ପ୍ରତିଭାର ଉନ୍ମୋଚନ କରିବା ଏହି କାର୍ଯ୍ୟକ୍ରମର ମୂଳ ତାତ୍ପର୍ଯ୍ୟ ବୋଲି ସେ ମତବ୍ୟକ୍ତ କରିବା ସହ ଏହି କ୍ଲବ ବିପୁଳ ସଫଳତା ପାଇବ ବୋଲି ସେ ଆଶା ପ୍ରକାଶ କରିଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com
TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Prayan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଙ୍କୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନଓ୍ୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନଓ୍ୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନଓ୍ୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ସବରେଜିଷ୍ଟ୍ରାର କାର୍ଯ୍ୟାଳୟରୁ ଗଛ କଟାଯିବାକୁ ନେଇ ପ୍ରଶାସନ ନୀରବଦ୍ରଷ୍ଟା, ସାଧାରଣରେ ଅସନ୍ତୋଷ

ଖୋର୍ଦ୍ଧା,(ପିଏନ)-ବେଗୁନିଆ ସବରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟରେ ଜଙ୍ଗଲ ବିଭାଗ ତରଫରୁ ଲଗାଯାଇଥିବା କିଛି ଗଛକୁ ସବରେଜିଷ୍ଟ୍ରାରଙ୍କ ପାଇଁ ଉଦ୍ଦିଷ୍ଟ ସରକାରୀ ବାସ ଗୃହ ମରାମତି ପାଇଁ ପରିସରରେ ଥିବା ହରିଡା , ବାହାଡ଼ା ଓ ଅନାବନା ଗଛ କଟାଯିବା ପରେ ସାଧାରଣରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା ।ଏ ସମ୍ପର୍କରେ ଗଣ ମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ପ୍ରଶାସନିକ ସ୍ତରରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ପରିବର୍ତ୍ତ ? ପ୍ରଶାସନ ନୀରବ ଦ୍ରଷ୍ଟା ସାଜି ବସି ପଡ଼ିଥିବାରୁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି ।ସ୍ଥାନୀୟ ଜନସାଧାରଣ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଓ ୫ଟି ଅଧକ୍ଷ ଭିକ ପଣ୍ଡିଆନଙ୍କ ସମେତ ଉଚ୍ଚ କର୍ତ୍ତୃପକ୍ଷ ଙ୍କୁ ଅବଗତ କରିବା ସହ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଗଲେ ଆଗାମୀ ଦିନରେ କାର୍ଯ୍ୟାଳୟ ଆଗରେ ଜନ କଲ୍ୟାଣ ପ୍ରତିଷ୍ଠାନର ସଭାପତି ଅକ୍ଷୟ କୁମାର ରଥ ଓ ସମ୍ପାଦକ ଚିତ ରଞ୍ଜନ ପଟ୍ଟନାୟକ ୨୪ ତାରିଖରେ ଆମରଣ ଅନଶନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ଓ ଉପଜିଲ୍ଲାପାଳଙ୍କୁ ଲିଖିତ ସୂଚନା ଦେଇଛନ୍ତି ।

# ଜିଲ୍ଲା ସ୍ତରୀୟ କୃଷି ଯନ୍ତ୍ରପାତି ମେଳା

ପୁରୀ ,୮ ।୧୨(ପି.ଏନ): ପୁରୀ ଜିଲ୍ଲା ସ୍ତରୀୟ କୃଷି ଯନ୍ତ୍ରପାତି ପ୍ରଦର୍ଶନୀ ଓ ମେଳା ଚଳିତ ମାସ ୧୨ ତାରିଖ ରୁ ୧୬ ତାରିଖ ପର୍ଯ୍ୟନ୍ତ ଶରଧାବାଲି ଠାରେ ଅନୁଷ୍ଠିତ ହେବ ।ଏଥିରେ କୃଷକ ମାନଙ୍କୁ ବିଭିନ୍ନ ଆଧୁନିକ ଯନ୍ତ୍ରପାତି ର ପ୍ରଦର୍ଶନ, ତାହାର ଉପଯୋଗ ଓ ଆଗ୍ରହୀ କୃଷକ ମାନଙ୍କୁ ବିକ୍ରୟର ବ୍ୟବସ୍ଥା କରାଯାଇଛି ।ତତ ସହିତ କୃଷକ ମାନଙ୍କ ସହ ଆଲୋଚ଼ନା ଚକ୍ର, ସେମାନଙ୍କ ସମସ୍ୟା, ଆବଶ୍ୟକତା ଇତ୍ୟାଦି ସମ୍ପର୍କରେ ଆଲୋଚ଼ନା କରାଯିବ ।ସାଂସ୍କୃତିକ କାର୍ଯ୍ୟକ୍ରମ ମାଧ୍ୟମରେ ବିଭିନ୍ନ ସଚେତନତା ବାର୍ତ୍ତା ମଧ୍ୟ ପ୍ରଦାନ ର ବ୍ୟବସ୍ଥା କରାଯାଇଛି । ଏହି ମେଳାକୁ ଶୃଙ୍ଖଳିତ ଓ ସୁଚାରୁରୂପେ ସଂପର୍ଣ୍ଣ କରିବାକୁ ଆଜି ଅପରାହ୍ନ ରେ ଅତିରିକ୍ତ ଜିଲ୍ଲାପାଳ ପ୍ରଶାସନ ପ୍ରଦୀପ କୁମାର ସାହୁ ଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ତାଙ୍କ କାର୍ଯ୍ୟାଳୟ ପ୍ରକୋଷ୍ଠରେ ଅନୁଷ୍ଠିତ ହୋଇଥିଲା ।ବିଭିନ୍ନ ବିଭାଗ ମଧ୍ୟରେ ସମନ୍ୱୟ ରଖିବା ସହ କୃଷକ ମାନଙ୍କୁ ସୂଚ଼ନା ଦେବା ଓ ସେମାନଙ୍କ ଆବଶ୍ୟକତା ଅନୁସାରେ କୃଷି ଯନ୍ତ୍ରପାତି କ୍ରୟରେ ସହଯୋଗ ଦେବାକୁ କୃଷି ଅଧିକାରୀ ମାନଙ୍କୁ ଶ୍ରୀ ସାହୁ ପରାମର୍ଶ ଦେଇଥିଲେ ।ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ମନୋଜ କୁମାର ମହାନ୍ତି ସମସ୍ତଙ୍କୁ ସ୍ୱାଗତ କରିବା ସହ ମେଳା ସମ୍ପର୍କରେ ବିସ୍ତୃତ ସୂଚ଼ନା ଦେଇଥିଲେ ।ଏହି ବୈଠକରେ ଅନ୍ୟ ମାନଙ୍କ ମଧ୍ୟରେ ଏଡିଏମଓ ଡା ବିରଜା ଶଙ୍କର ରଥ,ଉଦ୍ୟାନ କୃଷି ଉପ ନିର୍ଦ୍ଦେଶକ ମଞ୍ଜୁଳା ତ୍ରିପାଠୀ,ଜିଲ୍ଲା ମତ୍ସ୍ୟ ଅଧିକାରୀ ବିଭୂତି ରଞ୍ଜନ ରାଉତ,ଜିଲ୍ଲା ସୂଚ଼ନା ଓ ଲୋକ ସମ୍ପର୍କ ଅଧିକାରୀ ସନ୍ତୋଷ କୁମାର ସେଠୀ, ଜିଲ୍ଲା କୃଷି ଅଧିକାରୀ ସୁଶାନ୍ତ କୁମାର ମହାନ୍ତି,ଜିଲ୍ଲା ସଂସ୍କୃତି ଅଧିକାରୀ ହେମନ୍ତ ବେହେରା ଓ କୃଷି ବିଭାଗର ଅନ୍ୟାନ୍ୟ ଅଧିକାରୀ ଓ କର୍ମଚ଼ାରୀ ମାନେ ଯୋଗ ଦେଇଥିଲେ ।



# ପୋଲିସ କାର୍ଯ୍ୟାନୁଷ୍ଠାନ ନେଉ ନଥିବା ଅଭିଯୋଗ

କେନ୍ଦୁଝର(ପିଏନ) ଝୁମ୍ପୁରା ତହସିଲ ଅନ୍ତର୍ଗତ ବସନ୍ତପୁର ପ ାୟତର ନଈବୁଗା ପଂଚାୟତ ରାସ୍ତାକୁ କେତେକ ମୁଷ୍ଟିମେୟ ଲୋକ ଜେସିବି ମେସିନ ଦ୍ୱାରା ରାସ୍ତା କାଟି ଦେବା ଘଟଣାକୁ ନେଇ ବିବାଦ ଘନୀଭୂତ ହେବାରେ ଲାଗିଛି । ଏହି ଘଟଣାକୁ ନେଇ ଚମ୍ପୁଆ ଉପଜିଲ୍ଲାପାଳ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ କରି ରାସ୍ତା କାଟିଥିବା ବ୍ୟକ୍ତିଙ୍କ ବିରୁଦ୍ଧରେ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ସେହିପରି ଏହି ବେଆଇନ କାମ ପ୍ରତିବାଦରେ ସ୍ଥାନୀୟ ବସନ୍ତପୁର ସରପ ଲିପାରାଣୀ ନାୟକ ବାମେବାରୀ ଥାନାରେ ଲିଖିତ ଏତଲା ଦେଇଥିଲେ ହେଁ ପୋଲିସ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ହେଉନଥିବାରୁ ଅସନ୍ତୋଷ ବଢୁଛି । ପ୍ରକାଶ ଯେ, ଉକ୍ତ ଗ୍ରାମ୍ୟ ରାସ୍ତା ୧୯୬୫ ମସିହାରୁ ଓଏମ୍‌ସି ଖଣି ପରିବହନ ପାଇଁ ବ୍ୟବହାର କରାଯାଇ ଆସୁଥିଲା । ସେହି ରାସ୍ତାରେ ଗ୍ରାମବାସୀ ମଧ୍ୟ ଯାତାୟତ କରୁଥିଲେ । ତେବେ ଦୀର୍ଘ ପ୍ରାୟ ୧୦୦ ବର୍ଷ ପରେ ୨ଜଣ ଆଦିବାସୀ ରାଇମଣୀ ଚମ୍ପିଆ ଓ ଜୟରାମ ମୁଣ୍ଡା ଚମ୍ପୁଆ ଉପଜିଲ୍ଲାପାଳଙ୍କ କୋର୍ଟରେ ତାଙ୍କ ଜମି ଉପରେ ମେସର୍ସ ତାରିଣୀ ପ୍ରସାଦ ମହାନ୍ତି ଜବର ଦଖଲ କରି ରାସ୍ତା ନିର୍ମାଣ କରି ଖଣି ପରିବହନ କରୁଥିବା ଅଭିଯୋଗ କରିଥିଲେ । ଅଭିଯୋଗ ପରେ ଏହି ରାସ୍ତା ଉପରେ ଉପଜିଲ୍ଲାପାଳ ଜମି ଚିହ୍ନଟ ପାଇଁ ପାଇଁ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ ଦେଇଥିଲେ । ୨୧ ତାରିଖ ଦିନ ଅତିରିକ୍ତ ତହସିଲଦାରଙ୍କ ଉପସ୍ଥିତିରେ ମାପଚୁପ କରାଯାଇଥିଲା । ଜମି ମାପଚୁପ ବେଳେ ଝୁମ୍ପୁରା ଅତିରିକ୍ତ ତହସିଲଦାର କ୍ରେସନସିୟା ତିର୍କି କହିଥିଲେ ଉପଜିଲ୍ଲାପାଳଙ୍କ ଫାଇନାଲ ଅର୍ଡର ହେବା ପର୍ଯ୍ୟନ୍ତ ଜମି ଯେପରି ଅଛି ସେପରି ରହିବ ଏବଂ ଯେପରି ବ୍ୟବହାର ହେଉଛି ସେପରି ବ୍ୟବହାର ହେବ । କିନ୍ତୁ ତାଙ୍କ ଆଦେଶକୁ ଅବମାନନା କରି କେତେକ ମୁଷ୍ଟିମେୟ ଲୋକ ରାସ୍ତା କାଟି ଦେବା ଫଳରେ ବିବାଦୀୟ ପରିସ୍ଥିତି ଦେଖାଦେଇଛି । ଜେସିବି ମେସିନ ସହାୟତାରେ ରାସ୍ତାକୁ କାଟି ଗାଁକୁ ଯୋଗାଯୋଗ ବିଛିନ୍ନ କରିବା ଫଳରେ ଗାଁ ଅଶାନ୍ତ ହୋପଡିଛି । ଏହି ରାସ୍ତା ଉପରେ ଚୁଡିସାହି,ମୁଣ୍ଡାସାହି,ସାକ୍ରାଡିହି,ନଈବୁଗା ଆଦି ୧୦ଟି ସାହି ବିଛିନ୍ନ ହୋଇଯିବା ଫଳରେ ପାଣି,ଆମ୍ବୁଲାନ୍ସ,ଅତ୍ୟାବଶ୍ୟକ ସାମଗ୍ରୀ ଯୋଗାଣରେ ବାଧାପ୍ରାପ୍ତ ହୋଇଥିଲା । ଏହି ବେଆଇନ ରାସ୍ତା ଖୋଳା ନେଇ ସ୍ଥାନୀୟ ସରପ ବାମେବାରୀ ଥାନାରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ବାମେବାରୀ ପୋଲିସ ପକ୍ଷରୁ ତତ୍ପରତା ପ୍ରଦର୍ଶନ କରୁନଥିବାରୁ ଉକ୍ତ ଅ ଳ ଅଶାନ୍ତ ହୋଇପଡିଛି । ଗତକାଲି ରାସ୍ତାର ସ୍ଥିତାବସ୍ଥା ଫେରାଇ ଆଣିବାକୁ ଝୁମ୍ପୁରା ତହସିଲଦାର ପ୍ରତିମା ପୃଷ୍ଟି ଏବଂ ଏସ୍‌ଡିପିଓ ବଡବିଲ ହିମାଂଶୁ ବେହେରାଙ୍କ ଉପସ୍ଥିତିରେ ଉଦ୍ୟମ କରିଥିଲେ ହେଁ କିଛି ଅସାମାଜିକ ଲୋକ ଗଣ୍ଡଗୋଳ କରି କାମ କରାଇ ଦେଇନଥିଲେ । ପୋଲିସ ନୀରବଦ୍ରଷ୍ଟା ସାଜି ଚୁପ ବସିଥିବାବେଳେ ଅସାମାଜିକ ଲୋକଙ୍କ ବିରୁଦ୍ଧରେ କାର୍ଯ୍ୟନୁଷ୍ଠାନ ନେଇନଥିଲା । ଏନେଇ ଉପଜିଲ୍ଲାପାଳ ଚମ୍ପୁଆ ପ୍ରତାପ ପ୍ରିତିମୟଙ୍କ ସହ ଯୋଗାଯୋଗ କରିବାରୁ ରାସ୍ତାର ମାପଚୁପ ପାଇଁ କୁହାଯାଇଥିଲା । ଯେଉଁମାନେ ରାସ୍ତା କାଟିଛନ୍ତି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ କୁହାଯାଇଛି । ଉପ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ସତ୍ତ୍ୱ ପୋଲିସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନଥିବାରୁ ଗତକାଲି ରାତିରେ କିଛି ଲୋକ ଉକ୍ତ ରାସ୍ତାକୁ ପୁଣି ଥରେ ହାଣି ଦେଇଥିବାରୁ ଯାତାୟତ ବ୍ୟାଘାତ ହୋଇଛି । ସରପ ଙ୍କ ଅଭିଯୋଗ ଅନୁଯାୟୀ ବ୍ରହ୍ମେଶ୍ୱର ମହାକୁଡ,ସୁବାସ ମହାକୁଡ,ମଦନ ମୋହନ ବେହେରା,ସୁବ୍ରତ ପଲେଇଙ୍କ ସମେତ ଅନ୍ୟମାନେ ତାଙ୍କୁ ଜାତିଆଣ ଗାଳିଗୁଲଜ କରିବା ସହ ୨ଟି ଜେସିବି ମେସିନ ସାହାଯ୍ୟରେ ରାସ୍ତା କାଟିଥିବା ନେଇ ଅଭିଯୋଗ କରିଛନ୍ତି । ଦୁଇ ଦୁଇ ଥା ରାସ୍ତା କାଟିବା ପରେ ଅଭିଯୋଗ ପରେ ପୋଲିସ କାର୍ଯ୍ୟନୁଷ୍ଠାନ ନେଉନଥିବାରୁ ସ୍ଥାନୀୟ ଗ୍ରାମବାସୀ ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧିକ୍ଷକଙ୍କ ଦ୍ୱାରସ୍ଥ ହେବେ ବୋଲି କହିଛନ୍ତି । କିଛି ଖଳ ପ୍ରକୃତିର ଲୋକ ପରିବହନ କାର୍ଯ୍ୟ ହାତେଇବା ପାଇଁ ଆଦିବାସୀଙ୍କୁ ଢାଲ କରି ବାରମ୍ବାର ଗଣ୍ଡଗୋଳ କରୁଥିବା ଟିପି ମହାନ୍ତି ଖଣିର ପରିଚାଳକ ଇଂ ଚନ୍ଦ୍ରଶେଖର ଜେନା ପ୍ରକାଶ କରିଛନ୍ତି । ଆଦିବାସୀଙ୍କ ଜମି ଟିପି ମହାନ୍ତି ଖଣି ଜବର ଦଖଲ କରିନାହିଁ । ଏହି ରାସ୍ତା ବହୁ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଛନ୍ତି । ଗ୍ରାମ୍ୟ ରାସ୍ତା ଦୀର୍ଘ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଥିବାବେଳେ ଅଭିଯୋଗ ପରେ ସୁପରଭାଇଜର ଭୁବନାନନ୍ଦ ନାୟକ,ମଲଦା ରାଜସ୍ୱ ନୀରିକ୍ଷକ ସୋନାଲୀ ସେଠୀ ଏବଂ ଅମିନ ସୁରେଶ ନାୟକ ଠିକ୍ ଭାବରେ ମାପଚୁପ ନକରି ନଥିବା ସ୍ଥାନୀୟ ସରପ ଅଭିଯୋଗ କରିଛନ୍ତି । ମାପଚୁପ କରୁଥିବା କର୍ମଚାରୀ ପ୍ରଭାବିତ ହୋଇ ଚିହ୍ନଟ କରିଥିବା ସେ ଅଭିଯୋଗ କରିବା ସହ ଚମ୍ପୁଆ ଉପଜିଲ୍ଲାପାଳ ଏ ଦିଗରେ ତ୍ୱରିତ ପଦକ୍ଷେପ ନେଇ ଅନ୍ୟ ସର୍କଲରୁ କର୍ମଚାରୀ ଆଣି ମାପଚୁପ କରିବାକୁ ସେ ଦାବୀ କରିଛନ୍ତି । ଏଥିସହ ଏହିଅ ଳରେ ଦୀର୍ଘ ଦିନ ଧରି ଅରାଜକତା କରୁଥିବା ଲୋକଙ୍କୁ ଗିରଫ କରି ଶାନ୍ତି ଫେରାଇ ଆଣିବାକୁ ଆରକ୍ଷୀ ଅଧିକ୍ଷକଙ୍କ ନିକଟରେ ଦାବୀ କରିଛନ୍ତି ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଲା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଲା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତ୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।


MAHARISHI PUBLIC SCHOOL

2023-2024

ADMISSION OPEN

Maharishi Public School, Baripada



STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ

ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ 25

PARYABEKHYAK

पर्यवेक्षक

Bhubaneswar Saturday December 09, 2023 ଭୁବନେଶ୍ୱର ଶନିବାର, ଡିସେମ୍ବର ୦୯,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com




## ଓଡ଼ିଶାରେ ପିଏମ୍‌-ଉଷା ଯୋଜନାକୁ କାର୍ଯ୍ୟକାରୀ କରିବା ପାଇଁ ସହଯୋଗ କରିବାକୁ ମୁଖ୍ୟମନ୍ତ୍ରୀଙ୍କୁ ଅନୁରୋଧ କଲେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ



ନୂଆଦିଲ୍ଲୀ/ଭୁବନେଶ୍ୱର,(ପି.ଏନ): ଓଡ଼ିଶାରେ ଉଚ୍ଚ ଶିକ୍ଷାନୁଷ୍ଠାନର ସାମଗ୍ରିକ ବିକାଶ ପାଇଁ ପିଏମ୍‌-ଉଷା ଯୋଜନାକୁ କାର୍ଯ୍ୟକାରୀ କରିବା ତଥା ଏହି ଯୋଜନାର ଲାଭ ନେବା ପାଇଁ ନିରନ୍ତର ସମର୍ଥନ ଓ ସହଯୋଗ ଦେବାକୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଚିଠି ଲେଖି ଅନୁରୋଧ କରିଛନ୍ତି କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଓ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ । ରାଷ୍ଟ୍ରୀୟ ଉଚ୍ଚ୍‌ଚତର ଶିକ୍ଷା ଅଭିଯାନ (ରୁସା)କୁ ପ୍ରଧାନମନ୍ତ୍ରୀ ଉଚ୍ଚ୍‌ଚତର ଶିକ୍ଷା ଅଭିଯାନ (ପିଏମ-ଉଷା) ନାମରେ ଶୁଭାରମ୍ଭ କରାଯାଇଛି । ରାଷ୍ଟ୍ରୀୟ ଉଚ୍ଚ୍‌ଚତର ଶିକ୍ଷା ଅଭିଯାନକୁ ଜାରି ରଖିବା ପାଇଁ ୨୦୨୬ ମାର୍ଚ୍ଚ ୩୧ ପର୍ଯ୍ୟନ୍ତ ସୁଦ୍ଧା କେନ୍ଦ୍ରୀୟ ଅନୁଦାନ ପ୍ରାପ୍ତ ଯୋଜନା ପିଏମ ଉଷାକୁ ଅନୁମୋଦନ ମିଳିଥିବା ବେଳେ ୧୨ ହଜାର ୯୨୬ କୋଟି ଟଙ୍କା ବ୍ୟୟବରାଦ କରାଯାଇଛି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୂରଦୃଷ୍ଟିପୂର୍ଣ୍ଣ ନୂଆ ଜାତୀୟ ଶିକ୍ଷା ନୀତିର କ୍ରିୟାନ୍ୱୟନ ସମୟରେ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳରେ ଉଚ୍ଚ୍‌ଚ ଶିକ୍ଷା କ୍ଷେତ୍ରରେ ସର୍ବବ୍ୟାପୀ ଓ ସର୍ବସ୍ପର୍ଶୀ ଶିକ୍ଷା ପ୍ରଦାନ ଦିଗରେ ପିଏମ-ଉଷା କେନ୍ଦ୍ର ସରକାରଙ୍କ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ । ନୂଆ ଶିକ୍ଷାନୁଷ୍ଠାନ ସ୍ଥାପନ କରିବା ଏବଂ ଉଚ୍ଚ୍‌ଚତର ଶିକ୍ଷାନୁଷ୍ଠାନ ଗୁଡିକର ସାମଗ୍ରିକ ଉନ୍ନତି କରିବା ଏହି ଯୋଜନାର ଲକ୍ଷ୍ୟ ରହିଛି । ବିଶେଷ ଭାବରେ ଦୁର୍ଗମ, ଜନଜାତି ଅଧ୍ୟୁଷିତ, ମାଓ ପ୍ରଭାବିତ ଅଞ୍ଚଳରେ ଉଚ୍ଚ୍‌ଚତର ଶିକ୍ଷା ପାଇଁ ସୁଯୋଗ ସୃଷ୍ଟି କରିବାର ଉଦ୍ଦେଶ୍ୟ ରହିଛି । ସେହିପରି ଉଚ୍ଚ୍‌ଚତର ଶିକ୍ଷା କ୍ଷେତ୍ରରେ ଆଞ୍ଚଳିକ ବୈଷମ୍ୟ ଦୂର କରିବା ଦିଗରେ ଏହି ଯୋଜନା ସହାୟକ ହେବ । ଶ୍ରୀ ପ୍ରଧାନ ପତ୍ରରେ ଉଲ୍ଲେଖ କରିଛନ୍ତି ଯେ ଯୋଜନାର ଗାଇଡଲାଇନ ଅନୁସାରେ ପିଏମ ଉଷା ଯୋଜନାକୁ କ୍ରିୟାନ୍ୱୟନ କରିବା ପାଇଁ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳ ଗୁଡିକ ବୁଝାମଣା ସ୍ୱାକ୍ଷରିତ(ଏମଓୟୁ) କରିବା ଦରକାର । ଏମଓୟୁର ଫର୍ମାଟ୍‌ ଗତ ବର୍ଷ ଜୁନ ୨୪ ତାରିଖରେ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳକୁ ଦିଆଯାଇସାରିଛି । ପିଏମ୍‌ -ଉଷା ନିର୍ଦ୍ଦେଶାବଳୀ ଅଧୀନରେ ନିର୍ଦ୍ଧାରିତ ବୁଝାମଣାପତ୍ର ସ୍ୱାକ୍ଷର କରିବା ଓଡ଼ିଶା ଭଳି ରାଜ୍ୟ ପାଇଁ ପ୍ରାଥମିକତା ଅଟେ । ଏମଓୟୁରେ ପିଏମ ଉଷାର ସଠିକ୍‌ ଯୋଜନା, କାର୍ଯ୍ୟକାରିତା ଏବଂ ତଦାରଖ ସମ୍ପର୍କିତ ବିବରଣୀ ପ୍ରଦାନ କରାଯାଇଛି । ମଲଟିପୁଲ ଏଣ୍ଟ୍ରି-ଏକଜିଟ୍‌, ଏକାଡେମିକ୍‌ ବ୍ୟାଙ୍କ ଅଫ୍‌ କ୍ରେଡିଟ୍‌, ଏନଏଚ୍‌ଇକ୍ୟୁଏଫ, ଭାରତୀୟ ଜ୍ଞାନ ବ୍ୟବସ୍ଥା ଭଳି ସଂସ୍କାର ସହିତ ଯୋଡ଼ି ଓଡ଼ିଶା ରାଜ୍ୟ ଦ୍ୱାରା ପ୍ରସ୍ତାବ ଗୁଡ଼ିକର ଯୋଜନା ଏବଂ ଡ୍ରାଫ୍ଟ ପ୍ରସ୍ତୁତ କରିବାର କରିବାର ପ୍ରତିବଦ୍ଧତା ଦେଶର ଉଚ୍ଚ୍‌ଚଶିକ୍ଷାର ଉନ୍ନତି ପାଇଁ ସରକାରଙ୍କ ନୀତି ଏବଂ ଯୋଜନା ମଧ୍ୟରେ ଉତ୍ତମ ସମନ୍ୱୟ ଆଣିବ । ରୁସାର ପୂର୍ବ ପର୍ଯ୍ୟାୟରେ ଓଡ଼ିଶା ସକ୍ରିୟ ଅଂଶଗ୍ରହଣ କରି ରାଜ୍ୟରେ ଉଚ୍ଚ୍‌ଚଶିକ୍ଷାର ଉନ୍ନତି ପାଇଁ ଯୋଜନା ଅନ୍ତର୍ଗତ ଆସିଥିବା ଆର୍ଥିକ ସହାୟତାକୁ ଉପଯୋଗ କରିବାରେ ସଫଳ ହୋଇଛି । ତେବେ ପିଏମ ଉଷାର ନୂତନ ପର୍ଯ୍ୟାୟରେ ଓଡ଼ିଶା ଏ ପର୍ଯ୍ୟନ୍ତ ଏମଓୟୁ ସ୍ୱାକ୍ଷର କରିନାହିଁ । ଏହି ଯୋଜନାରେ ଅନୁଦାନ ପାଇବା ପାଇଁ ପ୍ରସ୍ତାବ ଗୁଡିକର ଦାଖଲ ପ୍ରକ୍ରିୟା ଗତ ବର୍ଷ ଅକ୍ଟୋବର ୨୧ ତାରିଖରୁ ଆରମ୍ଭ ହୋଇସାରିଛି । ତେଣୁ ଏହାକୁ ଦୃଷ୍ଟିରେ ରଖି ଓଡ଼ିଶାରେ ପିଏମ ଉଷା ଯୋଜନାର କ୍ରିୟାନ୍ୱୟନ ପାଇଁ ସହଯୋଗ ଏବଂ ନିରନ୍ତର ସମର୍ଥନ ଦେବା ପାଇଁ ବ୍ୟକ୍ତିଗତ ଭାବେ ହସ୍ତକ୍ଷେପ କରିବା ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଶ୍ରୀ ପ୍ରଧାନ ଅନୁରୋଧ କରିଛନ୍ତି । ଏହି ଯୋଜନାର ଲାଭ ନେବାରେ ଓଡ଼ିଶା ଯେପରି ବଞ୍ଚିତ ନ ହେବ, ସେଥିପାଇଁ ତୁରନ୍ତ ଏହା ଉପରେ ଧ୍ୟାନ ଦେବା ପାଇଁ ସେ ପତ୍ରରେ ଉଲ୍ଲେଖ କରିଛନ୍ତି । ଉଲ୍ଲେଖନୀୟ ଯେ, କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ଗତ ବର୍ଷ ଜୁନ ୧୫ରେ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖି ପିଏମ-ଉଷା ଯୋଜନାର ଶୁଭାରମ୍ଭ ହେବା ନେଇ ପତ୍ର ମାଧ୍ୟମରେ ଅବଗତ ମଧ୍ୟ କରାଇଥିଲେ ।

## ନବୀନ ପଟ୍ଟନାୟକଙ୍କ ଶାସନରେ ରାଜନୀତିର ଅପରାଧିକରଣ ବଢ଼ି ଚାଲିଛି: ମହିଳା କଂଗ୍ରେସ



ଭୁବନେଶ୍ୱର ,(ପି.ଏନ):ବିଗତ ଦିନମାନଙ୍କରେ ନାରୀ ନିର୍ଯ୍ୟାତନା ଏବଂ ଅପରାଧିଙ୍କୁ ସୁରକ୍ଷା ଦେବାରେ ନବୀନ ବାବୁ ୧ ନମ୍ବର ମୁଖ୍ୟମନ୍ତ୍ରୀ। ପ୍ରକାଶ ଥାଉକି ବେବିନା, କୁନ୍ଦୁଲି, ଟିକିରି ଶିକ୍ଷୟତ୍ରୀ, ପରୀ, ପିହୁ, ମାଧବୀଲତା, ମମିତା ମେହେର, ସୁଜାତା ଏବଂ ମାହାଙ୍ଗାର ଡବଲ ମର୍ଡର କେସ୍‌ରେ ରାଜ୍ୟ ସରକାରଙ୍କର ବିଧାୟକ ଓ ମନ୍ତ୍ରୀ ସଂପୃକ୍ତ ଥିବାର ଅଭିଯୋଗ ଥାଇ ମଧ୍ୟ ନବୀନ ବାବୁଙ୍କ ନୈରାଶତା ଦେଖିବାକୁ ମିଳୁଛି। ନିର୍ଯ୍ୟାତିତ ମହିଳାଙ୍କୁ ନ୍ୟାୟ ମିଳିବା ପରିବର୍ତ୍ତେ ଶିଶୁ ନାରୀ ନିର୍ଯ୍ୟାତନା ଓ ଶିଶୁ ନିର୍ଯ୍ୟାତନାରେ ସଂପୃକ୍ତ ବ୍ୟକ୍ତି ବିଶେଷଙ୍କୁ ପରବର୍ତ୍ତୀ ସମୟରେ ଦଳର ଉଚ୍ଚସ୍ତରୀୟ ପଦବୀରେ ଥଇଥାନ କରି ନବୀନ ପଟ୍ଟନାୟକ ନାରୀ ନିର୍ଯ୍ୟାତନ ଓ ଶିଶୁ ନିର୍ଯ୍ୟାତନକୁ ପ୍ରୋତ୍ସାହନ ଦଉଛନ୍ତି ବୋଲି ଆଜି କଂଗ୍ରେସ ଭବନରେ ଅନୁଷ୍ଠିତ ଏକ ସାମ୍ବାଦିକ ସମ୍ମିଳନୀରେ ରାଜ୍ୟ ମହିଳା କଂଗ୍ରେସ ଉପସଭାନେତ୍ରୀ ତଥା ପିସିସି ମୁଖପାତ୍ର ଶ୍ରୀମତୀ ରଶ୍ମି ମହାପାତ୍ର ଅଭିଯୋଗ କରିଛନ୍ତି। ସେ କହିଛନ୍ତି ବିଜେଡ଼ି ଦଳର ମା'ଙ୍କୁ ସମ୍ମାନ ଗାଁକୁ କାମ କେବଳ ସ୍ଲୋଗାନ ହୋଇ ରହିଯାଇଛି। ସଂଦେହର ବଳୟରେ ଥିବା ରାଜନେତାମାନଙ୍କୁ ଟିକଟ ଦିଆଯାଉଛି। ତେଣୁ ଅପରାଧି ମାନଙ୍କୁ ପ୍ରୋତ୍ସାହିତ ବା ଉତ୍ସାହିତ କରିବାରେ ନବୀନ ବାବୁ ମାହିର। ସଦ୍ୟ ପ୍ରକାଶିତ ଏନସିଆରବି ରିପୋର୍ଟ ଅନୁଯାୟୀ ମହିଳାଙ୍କ ଉପରେ ଅତ୍ୟାଚାର ୨୦୨୧ ରେ ୧୩୮୯ ମାମଲା ରୁଜୁ ହୋଇଥିବା ବେଳେ ୨୦୨୨ ରେ ୧୪୦୨ ମାମଲା ବୃଦ୍ଧି ପାଇଛି। ସମଗ୍ର ଦେଶରେ ମଧ୍ୟ ଏନସିଆରବି ରିପୋର୍ଟ ଅନୁଯାୟୀ ଶିଶୁ ମାନଙ୍କ ଉପରେ ଅତ୍ୟଚାର ୮.୭ ବୃଦ୍ଧି ପାଇଛି ଏବଂ ମହିଳା ମାନଙ୍କ ଉପରେ ଅତ୍ୟାଚାର କ୍ଷେତ୍ରରେ ଓଡ଼ିଶା ଦେଶରେ ୭ ନମ୍ବରରେ ପଂହଚିଛି ଏବଂ ଆହୁରି ମଧ୍ୟ ରାଜ୍ୟରେ ଅର୍ଥନୈତିକ ଅପରାଧ, ସାଇବର ଅପରାଧ ୨୪.୪ % ବୃଦ୍ଧି ପାଇଛି। ସେହିଭଳି ବିଭିନ୍ନ ଠକେଇ ଅପରାଧରେ ୧୧.୮ ଯାହାକି ରାଜ୍ୟ ସରକାର ନିୟନ୍ତ୍ରଣ ଉପରେ ବିଫଳ ସୂଚାଉଛି ବୋଲି ଶ୍ରୀମତୀ ମହାପାତ୍ର କହିଛନ୍ତି। ଶ୍ରୀମତୀ ମହାପାତ୍ର କହିଛନ୍ତି ରାଜ୍ୟରେ ଡବ୍ଲୁଆଣ୍ଡସିଡି, ଶିଶୁ ଆୟୋଗ କମିଶନ, ମହିଳା କମିଶନ ସହିତ ଅନେକଗୁଡ଼ିଏ କମିଶନ ଏବଂ ପରାମର୍ଶ ଦାତା କମିଟି ଗଠନ କରାଯାଇଛି। ଏସବୁ କମିଶନ, ଆୟୋଗ ଏବଂ ପରାମର୍ଶ ଦାତା କମିଟିରେ ମୁଖ୍ୟମନ୍ତ୍ରୀ ତାଙ୍କ ଦଳର ନେତା ଓ ନେତ୍ରୀମାନଙ୍କୁ ବିଭିନ୍ନ ପଦପଦବୀରେ ରଖି କେବଳ ଥଇଥାନ କରିଛନ୍ତି। ରାଜନୈତିକକରଣ ଯୋଗୁଁ ଉକ୍ତ ସଂସ୍ଥାଗୁଡ଼ିକୁ ପଙ୍ଗୁ କରିଦିଆଯାଇଛି।

## ନିଖିଳ ଉତ୍କଳ ଶିଶୁ ମେଳା ସମିତିର ୪୪ତମ ବାର୍ଷିକ ଉତ୍ସବ ଓ ପୁରସ୍କାର ବିତରଣ ଉତ୍ସବ

ଦର୍ପଣ (ପିଏନ)- ଗାନ୍ଧୀଛକ ସ୍ଥିତ ମା ଯଶୋଦା ଉଚ୍ଚ ବିଦ୍ୟାଳୟ ପରିସରରେ ନିଖିଳ ଉତ୍କଳ ଶିଶୁମେଳା ସମିତିର ୪୪ତମ ବାରିଷିକ ଉତ୍ସବ ଓ ପୁରସ୍କାର ବିତରଣ ଓ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି । ସମିତିର ସଭାପତି ଡଃ ପ୍ରିୟନାଥ ମହାପାତ୍ରଙ୍କ ସଭାପତିତ୍ୱରେ ଆୟୋଜିତ ଉତ୍ସବରେ ମୁଖ୍ୟ ଅତିଥି ଭାବେ ବିଶିଷ୍ଟ ଶିଶପ ସାହିତ୍ୟିକ ଡଃ ରାଜକିଶୋର ପାଢୀ, ମୁଖ୍ୟ ବକ୍ତା ଭାବେ ଆନନ୍ଦପୁର ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ଡଃ ରମାକାନ୍ତ ନାୟକ, ସମ୍ମାନୀୟ ଅତିଥି ଭାବେ ରାଜଧାନୀ ପୁସ୍ତକ ମେଳାର ସଭାପତି ତଥା କୁନି ରାଇଜର ସମ୍ପାଦକ ଡଃ ଉପେନ୍ଦ୍ର କୁମାର ଜେନା, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ନିରଂଜନ ରାଉତ, ମା ଯଶୋଦା ଉଚ୍ଚ ବିଦ୍ୟାଳୟର ପରିଚାଳନା କମିଟି ସଭାପତି ଅଧ୍ୟାପକ ବିଜୟ କେତନ ସାମଲ ପ୍ରଧାନ ଶିକ୍ଷୟତ୍ରୀ ଭାରତୀ ପ୍ରସନ୍ନା ନାୟକ ଯୋଗଦେଇ ଦୀର୍ଘ ୪୪ ବର୍ଷ ଧରି ନିଖିଳ ଉତ୍କଳ ଶିଶୁମେଳା ସମିତି ପିଲାମାନଙ୍କର ଅନ୍ତର୍ନିହିତ ଗୁଣାବଳୀ ଓ ଲୁକ୍କାୟିତ ପ୍ରତିଭାକୁ ବିକଶିତ କରିବାରେ ଭୂମିକାକୁ ପ୍ରସଂସା କରିବା ସହିତ ଡଃ ମହାପାତ୍ରଙ୍କ ଉଦ୍ୟମକୁ ମଧ୍ୟ ପ୍ରସଂସା କରିଥିଲେ । ଅଧ୍ୟାପକ ଅରୁଣ କୁମାର ନାୟକ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ସମିତିର ସମ୍ପାଦକ ଶରତ କୁମାର ନାୟକ ବାର୍ଷିକ ବିବରଣୀ ପାଠ କରିଥିଲେ । ଏହି ଅବସରରେ ଚଳିତ ବର୍ଷ ପାଇଁ ଡଃ ଉପେନ୍ଦ୍ର କୁମାର ଜେନାଙ୍କୁ ମା ଯଶୋଦା ଶିଶୁମେଳା ପୁରସ୍କାର, ଡଃ ରମାକାନ୍ତ ନାୟକଙ୍କୁ ବୈକୁଣ୍ଠନାଥ ସ୍ମୃତି ସମ୍ମାନ, ଆଦର୍ଶ ଶିକ୍ଷକ ଭାବେ ମନୋଜ କୁମାର ରଣା ଦଶରଥ ମହାପାତ୍ର ନଳୀନିକାନ୍ତ ମୁଦୁଲି, ପ୍ରଶାନ୍ତ ମୋହନ ଦାଶ ଓ ଆଦର୍ଶ ଶିକ୍ଷୟତ୍ରୀ ଭାବେ ଅରୁଣା ଦ୍ୱିବେଦୀ, ସତ୍ୟଭାମା ଜେନା, ସେକ୍‌ ୟାସିନ୍‌ ଅଲ୍ଲୀ, ମୌସୁମୀ ଦାସ, ସାଇନାଜ୍‌ ପର୍‌ବିନ୍‌, ବିମଳା ରାଉତଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ଏଥି ସହିତ ଗତ ହାଇସ୍କୁଲ ପରିକ୍ଷାରେ ବଡଚଣା ବ୍ଲକ ଅନ୍ତର୍ଗତ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ବାଲିଚନ୍ଦ୍ରପୁରର ଛାତ୍ର ନିତିସ କୁମାର ସାହୁଙ୍କୁ କ୍ଷୀରୋଦଚନ୍ଦ୍ର ନାୟକ, ସକୁନ୍ତଳା ନାୟକ ସ୍ମୃତି ପୁରସ୍କାର, ଧର୍ମଶାଳା ବ୍ଲକ ବଳରାମପୁର ସରକାରୀ ଉଚ୍ଚ ବିଦ୍ୟାଳୟର ଛାତ୍ର ସ୍ମୃତିରଂଜନ ମିଶ୍ରଙ୍କୁ ପ୍ରତିଭାମଞ୍ଜରୀ ଦାଶ ପ୍ରଦତ ପୁରସ୍କାର ପ୍ରଦାନ କରାଯାଇଥିଲା । ଏଥିସହିତ ନୃତ୍ୟ, ସଂଗୀତ, ବକ୍ତୃତା, ସାଧାରଣଜ୍ଞାନ, ଚିତ୍ରାଙ୍କନ, ଚକ୍‌ଲେଟ୍‌ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା । ଶେଷରେ ସହ ସମ୍ପାଦକ ଶରତଚନ୍ଦ୍ର ଦାସ ଧନ୍ୟବାଦ ଅର୍ପଣ କରିଥିଲେ ।

## ପାରାଦୀପ ମହାବିଦ୍ୟାଳୟରେ ଯୋଗ ଶିବିର



ପାରାଦୀପ,(ପି.ଏନ): ଓଡିଶା ସରକାରଙ୍କ 'ମୋ ଓଡିଶା ଯୁବ ଓଡିଶା' ଦ୍ୱାରା ପ୍ରାୟୋଜିତ ଯୁବ ବିକାଶ କାର୍ଯ୍ୟକ୍ରମ ଅନ୍ତର୍ଗତ ପାରାଦୀପ ମହାବିଦ୍ୟାଳୟ ଦ୍ୱାରା ଏକ ଯୋଗ ଶିବିର କାର୍ଯ୍ୟକ୍ରମ ଗୁରୁବାର ଦିନ ଆୟୋଜିତ ହୋଇଯାଇଛି କ୍ଷ ପାରାଦୀପ ମହାବିଦ୍ୟାଳୟ ର ପରିଚାଳନା କମିଟିର ସଦସ୍ୟା ତଥା ପୂର୍ବତନ ଜିଲ୍ଲାପରିଷଦ ଅଧ୍ୟକ୍ଷା ସବିତା ମହାପାତ୍ର ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହି ଶିବିରକୁ ଉଦଘାଟନ କରିଥିଲେ କ୍ଷ ଏହି ଅବସରରେ ପାରାଦୀପ ମହାବିଦ୍ୟାଳୟ ର ଅଧ୍ୟକ୍ଷା ଡ଼ଃ.ସସ୍ମିତା ଶତପଥୀ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ କ୍ଷ ଆର୍ଟ ଅଫ ଲିଭିଙ୍ଗ ଅନୁଷ୍ଠାନର ଯୋଗ ଗୁରୁ ତାପସ ରଞ୍ଜନ ପତି ଛାତ୍ରଛାତ୍ରୀ ମାନଙ୍କୁ ଯୋଗ ଶିକ୍ଷା ପ୍ରଦାନ କରି ଯୋଗ ର ମହତ ଉଦ୍ଦେଶ୍ୟ ଓ ଉପାଦେୟତା ସମ୍ପର୍କରେ ଆଲୋକପାତ କରି ସମସ୍ତଙ୍କୁ ନୈନିକ ଯୋଗ ଅଭ୍ୟାସ କରିବାକୁ ପରାମର୍ଶ ଦେଇଥିଲେ କ୍ଷ କାର୍ଯ୍ୟକ୍ରମ ର ନୋଡାଲ ଅଫିସର ତଥା ଇତିହାସ ବିଭାଗ ମୁଖ୍ୟ ଅଧ୍ୟାପକ ଲେଫ୍ଟନାଣ୍ଟ କମାଣ୍ଡର ଅକ୍ଷୟ ଚନ୍ଦ୍ର ମିଶ୍ର ଏହି ଶିବିରକୁ ପରିଚାଳନା କରିଥିବା ବେଳେ, ଇଂରାଜୀ ଅଧ୍ୟାପକ ଗଣେଶ୍ୱର ପାତ୍ର, ଅର୍ଥନୀତି ବିଭାଗ ଅଧ୍ୟାପକ ସୁଜିତ କୁମାର ଭୋଇ, ପାର୍ବତୀ ଦେବୀ ଦାସ, ପଦାର୍ଥ ବିଜ୍ଞାନ ଅଧ୍ୟାପକ ସଂଗ୍ରାମ କେଶରୀ ପରିଡା ଓ ଅନ୍ୟ ଅଧ୍ୟାପକ ଓ ଅଧ୍ୟାପିକା ମାନେ ସହଯୋଗ କରିଥିଲେ କ୍ଷ ଏହି କାର୍ଯ୍ୟକ୍ରମ ରେ ବହୁ ଛାତ୍ରଛାତ୍ରୀ ମାନେ ଅଂଶଗ୍ରହଣ କରିଥିଲେ ।

## ଧର୍ମକୁ ଆଖିଠାର ପରି ଫସଲ କ୍ଷୟକ୍ଷତିର ଆକଳନ କରାନଯାଉ



ଭୁବନେଶ୍ୱର ,(ପି.ଏନ): ସାମୁଦ୍ରିକ ଝଡ଼ ମିଜୋମ ପ୍ରଭାବରେ ଦକ୍ଷିଣ ଓଡ଼ିଶା ସମେତ ଅନ୍ୟାନ୍ୟ ଜିଲ୍ଲା ଗୁଡ଼ିକରେ ଧାନ, କପା ଓ ଅନ୍ୟାନ୍ୟ ପନିପରିବା ଫସଲ ବିପୁଳ ଭାବରେ ପ୍ରଭାବିତ ହୋଇଛି। ବର୍ଷା ଓ ବାତ୍ୟା ପୂର୍ବରୁ ସରକାର କେବଳ ଚାଷୀଙ୍କୁ ସତର୍କତା ସୂଚନା ଆଦେଶାବଳୀ ଜାରି କରିବା ଛଡ଼ା ଫସଲ ସୁରକ୍ଷା ପାଇଁ କୌଣସି ଜରୁରୀକାଳୀନ ସହାୟତା ଯୋଗାଇ ନଦେବା ଫଳରେ ଫସଲର ପ୍ରଭୃତ କ୍ଷୟକ୍ଷତି ଘଟିଛି। ସବୁଠାରୁ ଧାନ ଫସଲରେ ବ୍ୟାପକ କ୍ଷତି ହୋଇଛି। କଟାହୋଇ ପଡ଼ିଥିବା ଧାନ ବର୍ଷା ଜଳରେ ଭିଜି ଗଜା ହେଲାଣି। ଧାର କରଜ କରି ଚାଷ କରିଥିବା ଚାଷୀ ଅମଳ ସମୟରେ ଫସଲ ହରାଇବାରୁ ମାନସିକ ଦୁର୍ଶ୍ଚି'।ରେ ସମ୍ମୁଖୀନ। ଅପର ପକ୍ଷରେ ସରକାର ଧର୍ମକୁ ଆଖିଠାର ପରି ଫସଲ କ୍ଷୟକ୍ଷତିର ଅନୁଧ୍ୟାନ ଆସ'। ୧୨ ତାରିଖ ସୁଦ୍ଧା ଆକଳନ କରିବାପରେ ଯେଉଁ କୃଷି ଇନପୁଟ ସହାୟତା ଦେବେ ତାହା ସମୁଦ୍ରକୁ ଶଙ୍ଖେ ଓ ଚାଷୀର ତତ୍‌କ୍ଷଣାତ କ୍ଷତିଭରଣାରେ ଏହା ସହାୟକ ହୋଇପାରିବ ନାହିଁ ବୋଲି ଆଜି ପିସିସି ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ପକ୍ଷରୁ ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ପିସିସି କିଷାନ କଂଗ୍ରେସ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ଅମିୟ କୁମାର ପଟ୍ଟନାୟକ ସରକାରଙ୍କୁ ସର୍ତକ କରିବା ସହିତ ତୁର' ପ୍ରତି କ୍ଷେତ୍ରସ୍ତରରୁ ଚାଷୀଙ୍କ ବାସ୍ତବ ସ୍ଥିତି ଅନୁଧ୍ୟାନ କରି କ୍ଷତିଗ୍ରସ୍ତ ଚାଷୀଙ୍କୁ ପ୍ରତି ଏକର ପିଛା ୨୫ ହଜାର ଟଙ୍କା କ୍ଷତିପୂରଣ ସହାୟତା, ଚାଷୀଙ୍କ ଠାରୁ ସଂପୂର୍ଣ୍ଣ କୃଷି ଋଣ ଛାଡ଼, ପ୍ରଚଳିତ କୃଷି ଇନପୁଟର ସବସିଡର ଦେଢ଼ ଗୁଣା ବୃଦ୍ଧି, ପନିପରିବା କ୍ଷତିଗ୍ରସ୍ତ ଚାଷୀଙ୍କୁ ଶତପ୍ରତିଶତ ସହାୟତା ଓ ଚଳିତ ରବି ଚାଷପାଇଁ ମାଗଣାରେ ଆଳୁ, ପିଆଜ, ତୈଳବୀଜ ଓ ଡାଲିଜାତୀୟ ବିହନ ୭୦ପ୍ରତିଶତ ରିହାତିରେ ଯୋଗାଇ ଦେବାକୁ କଂଗ୍ରେସ ଦଳ ପକ୍ଷରୁ ଶ୍ରୀ ପଟ୍ଟନାୟକ ରାଜ୍ୟ ସରକାରଙ୍କ ପାଖରେ ଦୃଢ଼ ଦାବି କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ପିସିସି ମୁଖପାତ୍ର ରଶ୍ମି ମହାପାତ୍ର ଓ ମନୋରନ ଦାଶ ଉପସ୍ଥିତ ଥିଲେ। ଏହି ମର୍ମରେ ପ୍ରଦେଶ କିଷାନ କଂଗ୍ରେସ ପକ୍ଷରୁ ଚାଷୀଙ୍କ ସ୍ୱାର୍ଥ ରକ୍ଷା ପାଇଁ ସ୍ୱତନ୍ତ୍ର ରିଲିଫ କମିଶନର ତଥା ରାଜସ୍ୱ ବିଭାଗ ପ୍ରମୁଖ ଶାସନ ସଚିବଙ୍କୁ ଶ୍ରୀଯୁକ୍ତ ପଟ୍ଟନାୟକ ଏକ ଦାବିପତ୍ର ପ୍ରଦାନ କରିଛନ୍ତି ।







Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751010 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray